ସାଧାରଣ ଲୋକଙ୍କ ଖବରକାଗଜ
# ପର୍ଯ୍ୟବେକ୍ଷକ 25
PARYABEKHYAK
ପର୍ଯ୍ୟବେକ୍ଷକ

Vol.26 . No.120 Bhubaneswar Saturday June 17 2023 | ୨୬ତମ ବର୍ଷ ସଂଖ୍ୟା-୧୨୦ ଭୁବନେଶ୍ୱର, ଶନିବାର, ଜୁନ ୧୭, ୨୦୨୩ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹1.50 | (Air Surcharge - 0.50P) | Member-INS

## ମୌସୁମୀ ଧୋକା ଦେବା ପରେ ଜଳୁଛି ରାଜ୍ୟ, ବଢ଼ିଲା ସ୍କୁଲ ପିଲାଙ୍କ ଗ୍ରୀଷ୍ମ ଛୁଟି




ଭୁବନେଶ୍ୱର,୧୬।୬(ପି.ଏନ): ମୌସୁମୀ ଧୋକା ଦେବା ପରେ ଜୁନରେ ଜଳୁଛି ରାଜ୍ୟ। ପଶ୍ଚିମରୁ ଦକ୍ଷିଣ, ଉପକୂଳରୁ ଉପାନ୍ତ; ପାଖାପାଖି ଅଧା ଆଷାଢ଼ରେ ବି ପ୍ରଚଣ୍ଡ ଗ୍ରୀଷ୍ମରେ ସବୁଠି ତ୍ରାହି ତ୍ରାହି ଡାକୁଛନ୍ତି ଲୋକେ। ରେକର୍ଡ ପରେ ରେକର୍ଡ କରୁଛି ତାତି। ଜୁନରେ ଜଳୁଛି ରାଜ୍ୟ। ରାଜ୍ୟରେ ପ୍ରବଳ ଗ୍ରୀଷ୍ମ ପ୍ରବାହ ଲାଗି ରହିଥିବା ଯୋଗୁଁ ବଢ଼ିଲା ଗ୍ରୀଷ୍ମ ଛୁଟି। ରାଜ୍ୟରେ ଅସହ୍ୟ ଗ୍ରୀଷ୍ମପ୍ରବାହ ଲାଗି ରହିଥିବାରୁ ରାଜ୍ୟ ସରକାର ଆଜି ସମସ୍ତ ସରକାରୀ ଓ ବେସରକାରୀ ସ୍କୁଲଗୁଡିକର ଗ୍ରୀଷ୍ମ ଛୁଟିର ଅବଧିକୁ ଆଉ ୨ଦିନ ବୃଦ୍ଧି କରିଛନ୍ତି । ଜୁନ୍ ୧୯ ପରିବର୍ତ୍ତେ ଜୁନ୍ ୨୧ରେ ଖୋଲିବ ସ୍କୁଲ। ସ୍କୁଲ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ଏନେଇ ନିର୍ଦ୍ଦେଶନାମା ଜାରି କରାଯାଇଛି। ପାଣିପାଗ ବିଭାଗର ସତର୍କ ସୂଚନାକୁ ଆଧାରରେ ରାଜ୍ୟ ସରକାର ସ୍କୁଲଗୁଡିକର ଛୁଟି ଅବଧି ବୃଦ୍ଧି କରିଥିବା ଜଣାପଡିଛି।ସେପଟେ ୪୫.୬ ଡିଗ୍ରୀ ତାପମାତ୍ରା ସହ ସୋନପୁର ଆଜି ରାଜ୍ୟର ସବୁଠୁ ଉତ୍ତପ୍ତ ସହର ପାଲଟିଛି। ଏଥିସହ ଝାରସୁଗୁଡା ଓ ବଲାଙ୍ଗିରରେ ପାରଦ ବି ୪୫ ପାର କରିଥିଲା ବେଳେ, ଆଜିକା ଦିନରେ ବିଗତ ୧୪ ବର୍ଷର ରେକର୍ଡ ଭାଙ୍ଗି ତାତିରେ ଭାଜି ହୋଇଛି ରାଜଧାନୀ ଭୁବନେଶ୍ୱର। ପାରଦ ଏଠି ଆଜି ୪୪.୬ ଡିଗ୍ରୀ ଛୁଇଁଛି। ଏଥିସହ ୧୨ଟି ସହରର ପାରଦ ୪୪ ଡିଗ୍ରୀ ଛୁଇଁଛି। ମୁଣ୍ଡଫଟା ଖରା ସାଙ୍ଗକୁ ଅସହ୍ୟ ଗୁଳୁଗୁଳି ଜନଜୀବନକୁ ଅସ୍ତବ୍ୟସ୍ତ କରି ଦେଇଛି। ସେପଟେ ପାଣିପାଗ ବିଭାଗ କହିଛି ଆହୁରି ୪ ଦିନ ଯାଏଁ ଏମିତି ସ୍ଥିତିରୁ ନିସ୍ତାର ନାହିଁ।



ଦୈନିକ 'ପର୍ଯ୍ୟବେକ୍ଷକ' ଓ 'ଦି କଳିଙ୍ଗ କ୍ରୋନିକିଲ'ର ମୁଖ୍ୟ ସମ୍ପାଦକ ଡକ୍ଟର ପବିତ୍ର ମୋହନ ସାମନ୍ତରାୟ, ମହର୍ଷି ପବ୍ଲିକ ସ୍କୁଲ ସମୂହର ନିର୍ଦ୍ଦେଶିକା ଶ୍ରୀମତୀ ହେନା ମହାପାତ୍ର ଭୁବନେଶ୍ୱର କିମ୍ସ ହସ୍ପିଟାଲରେ ଚିକିତ୍ସିତ ରାଜ୍ୟ ଯୋଜନା ବୋର୍ଡ଼ ସଦସ୍ୟ, ପୂର୍ବତନ ଭୁବନେଶ୍ୱର ସାଂସଦ, ମନ୍ତ୍ରୀ, ବିଶିଷ୍ଟ କବି ପ୍ରଫେସର ଡକ୍ଟର ପ୍ରସନ୍ନ ପାଟଶାଣୀଙ୍କ ସ୍ୱାସ୍ଥ୍ୟବସ୍ଥା ସମ୍ପର୍କରେ ଅବଗତ ହେବା ସହ ପ୍ରଭୁ ଜଗନ୍ନାଥଙ୍କ ନିକଟରେ ଆଶୁ ଆରୋଗ୍ୟ କାମନା କରିଛନ୍ତି। ପାର୍ଶ୍ୱରେ ପୁତ୍ରବଧୂ ମମତା ପାଟଶାଣୀ, ପୁତ୍ର ସୁନୀଲ ପାଟଶାଣୀ ଓ ବ୍ୟକ୍ତିଗତ ସଚିବ ପ୍ରଦ୍ୟୁମ୍ନ କୁମାର ମହାନ୍ତି ଉପସ୍ଥିତ।

## ମଧୁ ଓଡ଼ିଆ ସେନା ପକ୍ଷରୁ କୃତୀ ଛାତ୍ରଛାତ୍ରୀ ମାନଙ୍କୁ ମେଧା ସେବା ସମ୍ମାନ ପ୍ରଦାନ



ଭୁବନେଶ୍ୱର,୧୬।୬(ପି.ଏନ): ଅଗ୍ରଣୀ ସ୍ୱେଚ୍ଛାସେବୀ ଅନୁଷ୍ଠାନ ମଧୁ ଓଡ଼ିଆ ସେନା ପକ୍ଷରୁ ଆସନ୍ତା ଜୁନ୍ ୨୨ ତାରିଖ,ଗୁରୁବାର ଅପରାହ୍ନ ୪ ଘଟିକା ୩୦ ମିନିଟ୍ ସମୟରେ ଚଳିତ ନିଟ୍ ଯୁଜି ପରୀକ୍ଷାରେ ଯାଜପୁର, କେନ୍ଦୁଝର, ମୟୂରଭଞ୍ଜ, ବାଲେଶ୍ୱର, ଢେଙ୍କାନାଳ, ଭଦ୍ରକ ଓ କେନ୍ଦ୍ରାପଡ଼ା ଜିଲ୍ଲା ରୁ ୫୭୫ ନମ୍ବର୍ ଓ ତଦୂର୍ଦ୍ଧ୍ୱ ନମ୍ବର ରଖିଥିବା କୃତୀ ଛାତ୍ରଛାତ୍ରୀ ମାନଙ୍କୁ ମଧୁବାବୁ ମେଧା ସେବା ସମ୍ମାନରେ ଯାଜପୁର ଜିଲ୍ଲା ବ୍ୟାସନଗର ପୌରପରିଷଦ ସନ୍ତରା ଛକ 'ସଂସ୍କୃତି ଭବନ' ରେ ଅନୁଷ୍ଠାନ ପକ୍ଷରୁ ସମ୍ବର୍ଦ୍ଧିତ କରାଯିବ । ଏଣୁ, ସମସ୍ତ କୃତୀ ଛାତ୍ରଛାତ୍ରୀ, ଅଭିଭାବକ ଓ ଶିକ୍ଷକ ଶିକ୍ଷୟତ୍ରୀ ମାନେ ଉକ୍ତ ତାରିଖ, ଦିବସ ଓ ସମୟରେ ଉପସ୍ଥିତ ହୋଇ ପଞ୍ଜିକରଣ କରି ନିଜର ପୁରସ୍କାର ଗ୍ରହଣ କରିବାକୁ ଅନୁଷ୍ଠାନର ରାଜ୍ୟ ସଭାପତି ଶ୍ରୀଯୁକ୍ତ ପଦ୍ମାକର ଗୁରୁ ଗଣ ମାଧ୍ୟମରେ ପ୍ରକାଶ କରିଛନ୍ତି । ଯୋଗାଯୋଗ : ପଦ୍ମାକର ଗୁରୁ- ୬୩୭୦୯୬୫୯୭୮/ ପ୍ରସନ୍ନ କୁମାର ମିଶ୍ର : ୯୪୩୭୩୧୪୯୮୮, ଭୁବନ ମୋହନ ମହାନ୍ତି : ୭୦୦୮୩୫୨୨୨୮

## କେନ୍ଦ୍ରମନ୍ତ୍ରୀଙ୍କ ଘରକୁ ପେଟ୍ରୋଲ ବୋମା ମାଡ

ଇମ୍ଫାଲ,୧୬।୬(ପି.ଏନ): କେନ୍ଦ୍ର ମନ୍ତ୍ରୀ ଆର.କେ ରଞ୍ଜନ ସିଂହଙ୍କ ମଣିପୁରର ଇମ୍ଫାଲ ସ୍ଥିତ ଘରେ ଗୁରୁବାର ରାତିରେ ଅଗ୍ନିକାଣ୍ଡ ଘଟିଛି। ୧୦୦୦ରୁ ଅଧିକ ଲୋକ ତାଙ୍କ ଘରେ ପଶି ନିଆଁ ଲଗାଇଥିବା ଅଭିଯୋଗ ହୋଇଛି। ଏଥିରେ ଘରର ତଳ ଓ ପ୍ରଥମ ମହଲା କ୍ଷତିଗ୍ରସ୍ତ ହୋଇଥିବା ବେଳେ କେହି ହତାହତ ହୋଇନାହାନ୍ତି। ଏହି ଘଟଣା ଘଟିବା ସମୟରେ ଘରେ ମନ୍ତ୍ରୀ କିମ୍ବା ତାଙ୍କ ପରିବାରର କୌଣସି ସଦସ୍ୟ ଉପସ୍ଥିତ ନଥିଲେ। କର୍ଫ୍ୟୁ ସତ୍ତ୍ୱେ ଗତକାଲି ରାତି ପ୍ରାୟ ୧୧ଟା ବେଳେ ୧୦୦୦ରୁ ଅଧିକ ଲୋକ ମନ୍ତ୍ରୀଙ୍କ ଇମ୍ଫାଲର କୋଙ୍ଗବା ସ୍ଥିତ ଘରେ ପହଂଚି ଯାଇଥିଲେ। ସେତେବେଳେ ସେଠାରେ ୨୩ ଜଣ ସୁରକ୍ଷାକର୍ମଚାରୀ ଉପସ୍ଥିତ ଥିଲେ। ତେବେ ଲୋକେ ବଳପୂର୍ବକ ମନ୍ତ୍ରୀଙ୍କ ଘରେ ପ୍ରବେଶ କରିଥିଲେ। ସୁରକ୍ଷାକର୍ମଚାରୀ କହିବା ମୁତାବକ ଲୋକମାନେ ବିଭିନ୍ନ ଦିଗରୁ ପେଟ୍ରୋଲ ବୋମା ଫୋପାଡ଼ି ଥିଲେ। ଏବାବଦରେ ମନ୍ତ୍ରୀ ସିଂହ କହିଛନ୍ତି, ମୋ ରାଜ୍ୟରେ ଯାହା ଘଟୁଛି ତାହା ଅତ୍ୟନ୍ତ ଦୁଃଖର ବିଷୟ। ମୁଁ ଏବେ ବି ସେମାନଙ୍କୁ ଶାନ୍ତି ସ୍ଥାପନ ପାଇଁ ଅନୁରୋଧ କରୁଛି। ଯେଉଁମାନେ ସେଠାରେ ଏଭଳି ହିଂସାକାଣ୍ଡରେ ଲିପ୍ତ ରହୁଛନ୍ତି, ସେମାନେ ଅମାନବୀୟ ଛଡ଼ା ଆଉ କିଛି ନୁହନ୍ତି।

## କୁପୱାଡ଼ାରେ ଏନ୍‌କାଉଂଟରରେ ୫ ଆତଙ୍କବାଦୀ ନିହତ

ଶ୍ରୀନଗର ,୧୬।୬(ପି.ଏନ): ଜମ୍ମୁ ଓ କଶ୍ମୀରର କୁପୱାଡ଼ା ଜିଲ୍ଲାରେ ସୁରକ୍ଷାକର୍ମୀଙ୍କ ଏନ୍‌କାଉଂଟରରେ ୫ ଜଣ ଆତଙ୍କବାଦୀ ନିହତ ହୋଇଛନ୍ତି। ଆଜି ଭୋର ସମୟରେ ଭାରତୀୟ ସେନା ଏବଂ ଜମ୍ମୁ ଓ କଶ୍ମୀର ପୁଲିସ ପକ୍ଷରୁ ମିଳିତ ଭାବେ ନିୟନ୍ତ୍ରଣ ରେଖା ନିକଟରେ ଜୁମାଗୁଣ୍ଡ ଅଂଚଳରେ ଏହି ଏନ୍‌କାଉଂଟର କରାଯାଇଥିଲା।ଉକ୍ତ ଅଂଚଳରେ କିଛି ଆତଙ୍କବାଦୀ ଲୁଚି ରହିଥିବା ନେଇ ଖବର ପାଇବା ପରେ ସେଠାରେ ସେନା ଓ ରାଜ୍ୟ ପୁଲିସ ପକ୍ଷରୁ ମିଳିତ ଅପରେସନ କରାଯାଇଥିଲା। ଏହି ଅପରେସନ ବେଳେ ଆତଙ୍କବାଦୀଙ୍କ ସହିତ ସେମାନଙ୍କର ଗୁଳିବିନିମୟ ହୋଇଥିଲା।

## ଲାଂଚ ନେଇ ଧରାପଡିଲେ ପଶୁ ଡାକ୍ତର

ଭୁବନେଶ୍ୱର,୧୬।୬(ପି.ଏନ): ଲାଂଚ ନେବାବେଳେ ଧରାପଡ଼ିଛନ୍ତି ଜଣେ ପଶୁ ଡାକ୍ତର। ଗଂଜାମ ଜିଲ୍ଲାର ଆସ୍କା ବ୍ଲକ୍ ଭେଟେନାରୀ ଅଫିସର ଡାକ୍ତର ରବିନାରାୟଣ ସାହୁ ୯ ହଜାର ଟଙ୍କା ଲାଂଚ ନେବା ବେଳେ ଭିଜିଲାନ୍ସ ହାତରେ ଧରାପଡିଛନ୍ତି। ମୋବାଇଲ ଭେଟେନାରୀ ୟୁନିଟ୍ ଭାବେ ବ୍ୟବହାର କରିବା ଲାଗି ଜଣେ ବୋଲେରୋ ମାଲିକଙ୍କ ଠାରୁ ଡା. ସାହୁ ଲାଂଚ ନେଉଥିଲେ। ସୂଚନା ପାଇଁ ଭିଜିଲାନ୍ସ ଅଧିକାରୀମାନେ ତାଙ୍କୁ ଲାଚ ଟଙ୍କା ସହ ଧରିଥିଲେ । ଏନେଇ ଭିଜିଲାନ୍ସ ଥାନାରେ ଏକ ମାମଲାରୁଜୁ ହୋଇଥିବା ବେଳେ ଡାକ୍ତର ରବିନାରାୟଣଙ୍କ ୩ଟି ଠିକଣାରେ ଚଢ଼ାଉ କରାଯାଉଛି।

## ବାହାନଗା ରେଳ ଦୁର୍ଘଟଣା : ଏସସିବିରେ ଆଉ ଜଣଙ୍କର ମୃତ୍ୟୁ

କଟକ/ଭୁବନେଶ୍ୱର, ୧୬।୬ (ପି.ଏନ): ବାହାନଗା ରେଳ ଦୁର୍ଘଟଣାରେ ଆଉ ଜଣେ ଆହତଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ବିହାର ବାସିନ୍ଦା ପ୍ରକାଶ ରାମ। ଦୁର୍ଘଟଣାରେ ଗୁରୁତର ଆହତ ହୋଇ ଏସସିବିରେ ଚିକିତ୍ସାଧୀନ ଥିଲେ। ଆଇସିୟୁରେ ଚିକିତ୍ସାଧୀନ ଅବସ୍ଥାରେ ୧୭ ବର୍ଷୀୟ ପ୍ରକାଶଙ୍କ ମୃତ୍ୟୁ ଘଟିଛି। ଏନେଇ କଟକ ଏସସିବି ମେଡିକାଲର କୁଳ ସଚିବ ଡକ୍ଟର ଅବିନାଶ ରାଉତ ସୂଚନା ଦେଇଛନ୍ତି। ଏଥିସହିତ ବାହାନଗା ରେଳ ଦୁର୍ଘଟଣାରେ ମୃତ୍ୟୁ ସଂଖ୍ୟା ୧୯୦କୁ ବୃଦ୍ଧି ପାଇଛି। ଏହା ପୂର୍ବରୁ ବିହାରର ବିଜୟ ପାଶୱାନ ନାମକ ଜଣେ ଆହତଙ୍କର ଏସସିବିରେ ଚିକିତ୍ସାଧୀନ ଅବସ୍ଥାରେ ମୃତ୍ୟୁ ଘଟିଥିଲା।ଏସସିବି ଅଧିକ୍ଷକ ଡାକ୍ତର ସୁଧାଂଶୁ ଶେଖର ମିଶ୍ର କହିଛନ୍ତି ପ୍ରକାଶଙ୍କ ଗୋଡ ଅଧିକ ସଂକ୍ରାମକ ହୋଇଥିଲା। ସେଥିପାଇଁ ତା ଗୋଡ଼ କାଟି ଦିଆଯାଇଥିଲା। ତାକୁ ୫ ୟୁନିଟ୍ ବ୍ଲଡ଼ ଦିଆଯାଇଥିଲା। ହେଲେ ଶୁକ୍ରବାର ରାତି ୩ ଟା ବେଳେ ତାର ମୃତ୍ୟୁ ହୋଇଗଲା।

## ନକଲି ମହାପ୍ରସାଦ ପ୍ରସ୍ତୁତ ଓ ଚାଲାଣ ଚାଲିଥିଲା; ଗଣମାଧ୍ୟମକୁ ଦେଖି ରୋଷେୟା ଛୁ



ଭୁବନେଶ୍ୱର,୧୬।୬(ପି.ଏନ): ଭକ୍ତଙ୍କ ବିଶ୍ୱାସ ସହିତ ସାଂଘାତିକ ଖେଳ। ମହାପ୍ରଭୁଙ୍କ ଅବଢ଼ା ନାଁରେ ଲୁଚାଛପାରେ ପ୍ରସ୍ତୁତ ଓ ବିକ୍ରି ହେଉଛି ନକଲି ଅବଢ଼ା। ଶ୍ରୀମନ୍ଦିରରେ ଯେପରି କୁଡୁଆରେ ଅନ୍ନ, ଡାଲି, ବେସର, ମହୁର, ଖଟା ପ୍ରସ୍ତୁତ ହୁଏ ଏହାର ଅବିକଳ ନକଲ କରାଯାଇଛି। ଚୋରଘର ସର୍ବଦା ଅନ୍ଧାର ରୁହେନି, ଠିକ୍ ସେହିପରି ଆଜି ରୋଷେଇ ହୋଇ ବିକ୍ରି କରିବା ଉଦ୍ଦେଶ୍ୟରେ ପ୍ରସ୍ତୁତ ହୋଇଥିବା ଏହି ନକଲି ମହାପ୍ରସାଦ ଧରାପଡିଛି। ପୁରୀ ଲୋକନାଥରୋଡ୍ ? ଅନ୍ତର୍ଗତ ପାଇକ ସାହିରେ ଏହି ଅଭାବନୀୟ ଘଟଣା ଦେଖିବାକୁ ମିଳିଛି। ଦୀର୍ଘଦିନ ଧରି ଏହି ରାକେଟ ଚାଲିଥିବା ଅନୁମାନ କରାଯାଉଛି। ସାହିରେ ଥିବା ସାପୁଆ ମଠ ନାମକ ସ୍ଥାନରେ ରୋଷେଇ ନିମନ୍ତେ ସମସ୍ତ ସାମଗ୍ରୀ ଏକାଠି କରାଯାଇଥିଲା। ନଡିଆ କୋରାଯିବା ସହ ପରିବା କାଟି ଏଠାରେ ରଖା ଯାଇଥିଲା। ଏହି ମଠ ନିକଟ ଏକ ଅସ୍ଥାୟୀ ଟେଣ୍ଟରେ ଅନ୍ନ, ଡାଲି, ବେସର, ଅନ୍ୟାନ୍ୟ ବ୍ୟଞ୍ଜନ ପ୍ରସ୍ତୁତି କରାଯାଇଛି। ଖୁବ୍ ଅପରିଷ୍କାର ପରିବେଶରେ ଏହି ରୋଷେଇ ଚାଲିଥିଲା। ଗଣମାଧ୍ୟମ ପହଞ୍ଚିବା ବେଳକୁ ବହୁ ସଂଖ୍ୟକ କୁଡୁଆରେ ଅନ୍ନ, ଡାଲି, ବେସର, ମହୁର, ଖଟା ପ୍ରଭୃତି ପ୍ରସ୍ତୁତ ହୋଇ ପଶି ସାରିଥିବା ବେଳେ ଆହୁରି ଅନେକ କୁଡୁଆରେ ଭାତ, ଡାଲି, ସାଦାବେସର, ମହୁର ପ୍ରଭୃତି ପ୍ରସ୍ତୁତ କରିବାକୁ ରୋଷେୟା ଓ ଯୋଗାଣିଆ କାମରେ ଲାଗିଥିଲେ। ଟପ୍ ଓ କରେଇରେ ରୋଷେଇ କରାଯିବା ପରେ ଏହାକୁ କୁଡୁଆରେ ପ୍ୟାକ୍ କରାଯାଉଥିଲା। ପରେ କୁଡୁଆକୁ କୋଇଲା ଆଞ୍ଚ ଉପରେ ରଖାଯାଇ ଏହାକୁ ଅସଲି ରୂପ ଦେବାକୁ ସବୁ ପ୍ରୟାଶ କରାଯାଉଥିଲା। ଯେପରି ଲୋକଙ୍କୁ ଲାଗିବ ଏହା ସତ ମହାପ୍ରସାଦ। ଏହି ମଠରେ ବହୁ ସଂଖ୍ୟକ କୁଡୁଆ, ନଡିଆ, ଚାଉଳ, ପନିପରିବା ପ୍ରଭୃତି ମହଜୁଦ୍ ଥିବା ଦେଖିବାକୁ ମିଳୁଥିବାରୁ ଏହି ସ୍ଥାନକୁ ଏକ ନକଲି ମହାପ୍ରସାଦ ବିକ୍ରି ଓ ଯୋଗାଣ ଆଡ୍ଡାରେ ପରିଣତ କରାଯାଇଥିବା ଜଳଜଳ ଦିଶୁଛି। ଅବିକଳ ମହାପ୍ରସାଦ ଭଳି ଏହାକୁ କାହିଁକି କୁଡୁଆରେ ରଖାଯାଉଛି ଓ କେଉଁ ଉଦ୍ଦେଶ୍ୟରେ, କାହାକୁ ପଠାଯାଉଛି ବୋଲି ପ୍ରଶ୍ନ କରିବାରୁ ରୋଷେୟା, ଯୋଗାଣିଆ ସମେତ କାମ କରୁଥିବା ଲୋକମାନେ ଘଟଣାସ୍ଥଳରୁ ଛୁ ମାରିଥିଲେ।

## ୧୯ରେ ଶ୍ରୀଜୀଉଙ୍କ ନବଯୌବନ ଦର୍ଶନ

ପୁରୀ,୧୬।୬(ପି.ଏନ): ସ୍ନାନପୂର୍ଣ୍ଣିମୀ ଦିନ ସ୍ନାନ ମଣ୍ଡପରେ ଚତୁର୍ଦ୍ଧାମୂର୍ତ୍ତି ୧୦୮ ଗରା ସୁବାସିତ ଅଧିବାସ ଜଳରେ ସ୍ନାନ କରିବା ପରେ ଜ୍ୱରରେ ପୀଡ଼ିତ ହୋଇ ଅଣସର ପିଣ୍ଡିରେ ଅବସ୍ଥାନ କରୁଛନ୍ତି । ଦଇତାପତି ସେବକମାନେ ମହାପ୍ରଭୁଙ୍କୁ ସୁସ୍ଥ କରିବା ପାଇଁ ବିଭିନ୍ନ ଚେରମୂଳି, ଫୁଲୁରୀ ତେଲ, କବିରାଜ ମୋଦକ ବ୍ୟବସ୍ଥା କରି ମହାପ୍ରଭୁଙ୍କ ସେବାରେ ଲାଗି ପଡ଼ିଛନ୍ତି । ମହାପ୍ରଭୁ ଆସ୍ତେ ଆସ୍ତେ ସୁସ୍ଥ ହୋଇ ଚକା ବିଜେ କରିବା ପରେ ସୁବାସିତ ଫୁଲ ଓ ତୁଳସୀ ସହ ଘଂଟ ବାଜିଥିଲା । ଶ୍ରୀଜୀଉମାନେ ସୁସ୍ଥ ହେବା ଖବର ଜାଣି ଭକ୍ତ ବ୍ୟାକୁଳ ହେଲେଣି ଦର୍ଶନ ପାଇଁ । ଗଜପତିଙ୍କ ଶ୍ରୀନଅରରେ ମହାପ୍ରଭୁଙ୍କ ସୁସ୍ଥ ହେବା ଖବର ପହଂଚିଲାଣି । ମହାପ୍ରଭୁ ସୁସ୍ଥ ହେବା ପରେ ଆସନ୍ତା ୧୯ ତାରିଖରେ ଭକ୍ତଙ୍କୁ ନବ ଯୌବନ ବେଶରେ ଦର୍ଶନ ଦେବେ, ରଥଯାତ୍ରା ପାଇଁ ପ୍ରସ୍ତୁତ ହେବେ । ନବଯୌବନ ଦର୍ଶନ ଗୋଟିଏ ଦିନ ହେଉଥିବାରୁ ଭକ୍ତଙ୍କ ଗହଳି ଲାଗି ରହିବ । ଏଥିପାଇଁ ଜିଲ୍ଲା ପ୍ରଶାସନ ଓ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ବ୍ୟାପକ ବ୍ୟବସ୍ଥା କରାଯାଇଛି । ୧୯ ତାରିଖ ସୋମବାର ସକାଳ ୬ଟାରେ ଚକା ଅଖ ସହ ନୀତି ଅନୁଷ୍ଠିତ ହେବ । ପରେ ପରେ ୬ଟା ୧୦ରେ ମଙ୍ଗଳଆଳତି ଓ ପରେ ଅନ୍ୟାନ୍ୟ ନୀତି ହୋଇ ସକାଳ ୮ଟାରେ ତାଟି ଫିଟିବ । ସକାଳ ୮ଟାରୁ ୯ଟା ମଧ୍ୟରେ ଭିତର କାଠ ଠାରେ ପରିମାଣିକ ଦର୍ଶନ ଅନୁଷ୍ଠିତ ହେବ । ସକାଳ ୯ଟାରୁ ସାଢେ ୧୦ଟା ପର୍ଯ୍ୟନ୍ତ ଭିତର କାଠ ନିକଟରେ ସର୍ବସାଧାରଣ ଦର୍ଶନ କରିପାରିବେ । ପରେ ପରେ ଅନ୍ୟାନ୍ୟ ନୀତି ଅନୁଷ୍ଠିତ ହେବ । ସୁରକ୍ଷା ବ୍ୟବସ୍ଥା ପାଇଁ ମନ୍ଦିର ଭିତରେ ଓ ବାହାରେ ବ୍ୟାପକ ବ୍ୟବସ୍ଥା କରାଯାଇଛି । ବିଭିନ୍ନ ସ୍ଥାନରେ ସିସିଟିଭି କ୍ୟାମେରା ଲଗାଯାଇଛି । ସିଂହଦ୍ୱାର ଦେଇ ଭକ୍ତମାନେ ପ୍ରବେଶ କରି ମହାପ୍ରଭୁଙ୍କୁ ଦର୍ଶନ କରିବା ପରେ ଉତରଦ୍ୱାର ଦେଇ ପ୍ରସ୍ଥାନ କରିପାରିବେ ।

## ଶ୍ରୀମନ୍ଦିର ରତ୍ନଭଣ୍ଡାରର ସ୍ଥିତି ଓ ସୁରକ୍ଷାକୁ ନେଇ ଛତିଶଗଡ ରାଜ୍ୟପାଳଙ୍କ ଉଦବେଗ



ଭୁବନେଶ୍ୱର,୧୬।୬(ପି.ଏନ): ଶ୍ରୀମନ୍ଦିର ରତ୍ନଭଣ୍ଡାରର ସ୍ଥିତି ଓ ସୁରକ୍ଷାକୁ ନେଇ ଗଭୀର ଉଦବେଗ ପ୍ରକାଶ କରିଛନ୍ତି ଛତିଶଗଡ ରାଜ୍ୟପାଳ ବିଶ୍ୱଭୂଷଣ ହରିଚନ୍ଦନ। ଓଡିଶା ରିପୋର୍ଟକୁ ସ୍ୱତନ୍ତ୍ର ସାକ୍ଷାତକାର ଦେଇ ସେ କହିଛନ୍ତି, ଯେତେଶୀଘ୍ର ସମ୍ଭବ ରାଜ୍ୟ ସରକାର ରତ୍ନଭଣ୍ଡାର ଖୋଲିବା ସହ ଅଳଙ୍କାରର ଗଣତି କରନ୍ତୁ। ରତ୍ନଭଣ୍ଡାରରେ ଯାହା ଥିଲା ତାକୁ ଦେଖିବାରେ କୌଣସି ଅସୁବିଧା ନାହିଁ। ରତ୍ନଭଣ୍ଡାରରେ କ'ଣ ଅଛି, ତାହା ତୁରନ୍ତ ଗଣତି ହେବା ସହ ମରାମତି ହେବା ଆବଶ୍ୟକ। ଏଥିପାଇଁ ପ୍ରଶାସନିକ କମିଟି ତୁରନ୍ତ ନିଷ୍ପତ୍ତି ନେବା ଦରକାର। ରତ୍ନଭଣ୍ଡାର ଚାବି ହଜିବା ପ୍ରସଙ୍ଗରେ ସେ କହିଛନ୍ତି, ଏହା ଏକ ଦୁର୍ଭାଗ୍ୟଜନକ ଘଟଣା। ଚାବି ହଜିଗଲା ବୋଲି ଯେ ରତ୍ନଭଣ୍ଡାର ଖୋଲା ହେବନି, ତାହା ଠିକ୍ ? ନୁହେଁ। ତାକୁ ଖୋଲି ଯାହା ଧନରତ୍ନ ଥିଲା ତାହା ଦେଖିବା ଉଚିତ୍। ତାହାର ଗଣତି କରାଯିବା ଉଚିତ୍। ୧୯୭୮ରେ ସେ ଆଇନମନ୍ତ୍ରୀ ଥିବା ବେଳେ ରତ୍ନଭଣ୍ଡାର ଖୋଲି ଗଣତି କରାଯାଇଥିଲା। ଏହାପରେ ଯଦି ଅଳଙ୍କାର ନେଇ କୌଣସି ପ୍ରଶ୍ନ ଉଠେ, ତେବେ ତାହା ଉପରେ ପଦକ୍ଷେପ ନିଆଯାଇ ଗଣତି ହେବା କଥା। ରତ୍ନ ଭଣ୍ଡାରରେ ଯାହା ସବୁ ସଂରକ୍ଷିତ ଥିଲା ତାହା ସଂରକ୍ଷିତ ଅଛି ନା ନାହିଁ ଦେଖିବା ଉଚିତ୍। ତାହାକୁ ଦେଖିବାରେ କୌଣସି ଅସୁବିଧା ନାହିଁ। ତାହାକୁ ଦେଖିବା ଆବଶ୍ୟକ। ଏନେଇ ଆଇନରେ ବ୍ୟବସ୍ଥା ମଧ୍ୟ ଅଛି। କାରଣ ଏହା ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ସମ୍ପତ୍ତି ଓ ଏହି ରତ୍ନଭଣ୍ଡାରକୁ ନେଇ ସମସ୍ତେ ଗର୍ବିତ।

## ଜିତନ ରାମ ମାଞ୍ଝୀ ମହାଗଠବନ୍ଧନର ଗୁଇନ୍ଦାଗିରି କରୁଥିବା କହିଲେ ନୀତୀଶ କୁମାର



ନୂଆଦିଲ୍ଲୀ,୧୬।୬(ପି.ଏନ): ବିହାର ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ଆଜି ହିନ୍ଦୁସ୍ତାନ ଆବାମ ମୋର୍ଚ୍ଚା(ସେକ୍ୟୁଲାର) ପାର୍ଟିର ମୁଖ୍ୟ ଜିତନ ରାମ ମାଞ୍ଝୀଙ୍କ ବିରୋଧରେ ସାଂଘାତିକ ଅଭିଯୋଗ ଆଣିଛନ୍ତି। ବିଜେପି ପାଇଁ ମାଞ୍ଝୀ ମହାଗଠବନ୍ଧନରେ ଥିବା ଦଳଗୁଡିକ ଗୁଇନ୍ଦାଗିରି କରୁଥିଲେ। ମହାଗଠବନ୍ଧନରୁ ସେ ବାହାରିଯିବା ଭଲ ବୋଲି ନୀତୀଶ କୁମାର କହିଛନ୍ତି। ବିହାର ପୂର୍ବତନ ମୁଖ୍ୟମନ୍ତ୍ରୀ ଜିତନ ରାମ ମାଞ୍ଝୀ ଜୁନ ୨୩ରେ ହେବାକୁ ଥିବା ବିରୋଧୀ ମେଣ୍ଟର ବୈଠକରେ ଯୋଗ ଦେବାକୁ ଇଚ୍ଛା ପ୍ରକାଶ କରିଥିବା କଥାକୁ ନୀତୀଶ କୁମାର ସ୍ୱୀକାର କରିଛନ୍ତି। କିନ୍ତୁ ସେ ବୈଠକରେ ଯୋଗ ଦେଇଥିଲେ, ଏହାର ସବୁ ତଥ୍ୟ ବିଜେପିକୁ ପରବର୍ତ୍ତୀ ଅବସ୍ଥାରେ ଦେଇଥାଆନ୍ତେ ବୋଲି ମଧ୍ୟ ନୀତୀଶ କୁମାର କହିଛନ୍ତି।ସେ କହିଛନ୍ତି, "ମାଞ୍ଝୀ ନିୟମିତ ଭାବେ ବିଜେପି ନେତାଙ୍କ ଯୋଗାଯୋଗରେ ରହିଥିଲେ। ସେ ନିକଟରେ ଏକାଧିକ ବିଜେପି ନେତାଙ୍କୁ ଭେଟିଥିଲେ। ବିରୋଧୀମାନେ ଜୁନ ୨୩ରେ ବୈଠକ କରିବାକୁ ଯାଉଛନ୍ତି। ଏଥିରେ ସେ ସାମିଲ ହେବାକୁ ଇଚ୍ଛା ପ୍ରକାଶ କରିଥିଲେ। କିନ୍ତୁ ମୁଁ ମୋର ଆଶଙ୍କା ଥିଲା ଯେ ଜୁନ ୨୩ରେ ଆଲୋଚନା ହେବାକୁ ଥିବା ବିଷୟବସ୍ତୁକୁ ସେ ଲିକ୍ କରିଦେବେ।

## ବଦଳିଲା ନେହରୁ ମ୍ୟୁଜିୟମର ନାଁ, ବିଜେପି-କଂଗ୍ରେସ ମୁହାଁମୁହିଁ

ନୂଆଦିଲ୍ଲୀ,୧୬।୬(ପି.ଏନ): ଦେଶର ରାଜଧାନୀ ଦିଲ୍ଲୀରେ ଥିବା ନେହରୁ ମେମୋରିଆଲ ମ୍ୟୁଜିୟମ ଓ ଲାଇବ୍ରେରୀ ସୋସାଇଟୀର ନାଁକୁ ବଦଳାଇ ଦେଇଛନ୍ତି କେନ୍ଦ୍ର ସରକାର। ଏବେ ଏହାର ନାଁ ପ୍ରଧାନମନ୍ତ୍ରୀଙ୍କ ମ୍ୟୁଜିୟମ ଓ ଲାଇବ୍ରେରୀ ସୋସାଇଟୀ ରଖାଯାଇଛି। ଏହି ନାଁ ବଦଳକ ଘଟଣାକୁ ନେଇ ବିଜେପି ଓ କଂଗ୍ରେସ ମୁହାଁମୁହିଁ ହୋଇଛନ୍ତି। ତିନ ମୂର୍ତ୍ତି ଭବନରେ ଏହି ମ୍ୟୁଜିୟମଟି ରହିଛି। ଗତବର୍ଷ ଏହି ବିଲଡିଂ ପରିସରରେ ପ୍ରଧାନମନ୍ତ୍ରୀ ସଂଗ୍ରହାଳୟର ଉଦଘାଟନ କରାଯାଇଥିଲା। ଏହାକୁ ଦେଶର ପ୍ରଥମ ପ୍ରଧାନମନ୍ତ୍ରୀ ପଣ୍ଡିତ ଜବାହରଲାଲ ନେହରୁଙ୍କ ଅଫିସିଆଲ ଘର ଭାବେ ବ୍ୟବହାର କରାଯାଉଥିଲା। ତେବେ ଏହାର ନାଁ ପରିବର୍ତ୍ତନକୁ କଂଗ୍ରେସ ହଜମ କରିପାରିନି।

## ବୟସ ପ୍ରାୟ ବର୍ଷ ହେବ, ମାସକୁ ପ୍ରାପ୍ୟ ପାଇବେ ଲକ୍ଷେରୁ ୨ ଲକ୍ଷ ଟଙ୍କା; ମିଳିଲା ସେବାୟତ ପରିଚୟ

ଭୁବନେଶ୍ୱର,୧୬।୬(ପି.ଏନ): ଦୁଇ ଦଇତାପତି ସେବାୟତ। ଜଣେ ବଳଦେବ ଦାସମହାପାତ୍ର ଓ ଅନ୍ୟ ଜଣକ ନାଁ ଏକାନ୍ସୁ ଦାସ ମହାପାତ୍ର। ସେମାନଙ୍କ ବୟସ ପ୍ରାୟ ବର୍ଷେ ହେବ। ସେମାନେ ପୁରୀ ଶ୍ରୀଜଗନ୍ନାଥ ମନ୍ଦିର ଦଇତାପତି ସେବାୟତ ଭାବେ ସ୍ୱୀକୃତି ପାଇଛନ୍ତି। ଏଥିସହ ସେମାନେ ପ୍ରଶାସନ ଠାରୁ ବାର୍ଷିକ ୧ ଲକ୍ଷ ଟଙ୍କାରୁ ୨ ଲକ୍ଷ ଟଙ୍କା ପାଉଣା ପାଇବାକୁ ଯୋଗ୍ୟ ବିବେଚିତ ହୋଇଛନ୍ତି। ଗତକାଲି ଶ୍ରୀନଅର ପକ୍ଷରୁ ଦଇତାପତିଙ୍କ ମୁଣ୍ଡରେ ଶାଢ଼ି ବନ୍ଧା ଯାଇ ଶାଢ଼ି ବନ୍ଧା ନୀତି କରାଯାଇଥିଲା। ଯାହା ପରେ ଏହି କୁନି ଦୁଇ ଦଇତାପତି ସେବକ ଭାବେ ସ୍ୱୀକୃତି ପାଇଛନ୍ତି।ପରମ୍ପରା ମୁତାବକ ଦଇତାପତି ପରିବାରରେ ଜନ୍ମିତ ୧୦ ମାସର ବଳଦେବ ଏବଂ ବର୍ଷକର ଏକାନ୍ସୁଙ୍କ ସମେତ ଅନ୍ୟଜଣେ ସମାନ ବୟସ୍କ ଶିଶୁପୁତ୍ର ଗତକାଲି ପ୍ରଶାସନିକ ଭାବେ ସେବାୟତ ବୋଲି ତାଲିକାଭୁକ୍ତ ହୋଇଛନ୍ତି।

## ମିଲର୍ସ - ଅଧିକାରୀ ଅସାଧୁ ମେଂଟ : ରାଜ୍ୟ ବାହାରକୁ ଚାଲିଛି ଚାଲାଣ ସୋନପୁର ଧାନ

ସୁବର୍ଣ୍ଣପୁର, ୧୬।୬(ପି.ଏନ): ପ୍ରଥମେ ଟୋକନ ଝମେଲା ତା ପରେ ସାଟେଲାଇଟ୍ ଝମେଲା ପରେ ଧାନନେଇ ମଣ୍ଡିରେ ଚାଷୀମାନେ ଗଦା କରିବାପରେ ମିଲର୍ସ ଗାଡ଼ି ପଠାଇବାରେ ଅହେତୁକ ବିଳମ୍ବ କରିବାରୁ ବଡ଼ବଡ଼ ଚାଷୀ ନିଜ ନିଜର ବ୍ୟବସ୍ଥାରେ ମିଲକୁ ଧାନପଠାଇ ପେକ୍ସ ରେ ଏଂଟ୍ରି କରିପାରୁଥିବା ବେଳେ କ୍ଷୁଦ୍ର ଚାଷୀ ଚାତକଭଳି ଖରା ବର୍ଷାରେ ମିଲର୍ସ ର ଗାଡ଼ି କୁ ଅପେକ୍ଷା କରି ରାତି ଅନିଦ୍ରା ହେଉଛି । ଏହାକୁ ନେଇ ଦୁଇ ଦିନ ତଳେ ଜିଲ୍ଲାର ବୀରମହାରାଜପୁର ବ୍ଲକ କେନ୍ଦ୍ରିଆପାଲି ପଂଚାୟତର ତିଳେଶ୍ୱର, ବାରଝୁଲା, ଅଚଣ୍ଡା ଗାଁ ର ବହୁ ଚାଷୀ ଜିଲ୍ଲା ଯୋଗାଣ ବିଭାଗ ଅଧିକାରୀଙ୍କ ଠାରେ ଫେରାଦ ହୋଇ ସ୍ଥାନୀୟ ସ୍ୱୟଂ ସହାୟକ ମହିଳା ଗୋଷ୍ଠୀଙ୍କ ଅପାରଗତା ଉପରେ ଅଭିଯୋଗ କରିଛନ୍ତି। ଜିଲ୍ଲାର ଗାଡି ମାଲିକ ମାନଙ୍କୁ ଅଣଦେଖା ସହ ରାଜ୍ୟ ବାହାରକୁ ଧାନ ଚାଲାଣ କରି ପ୍ରଶାସନ ମାଲେମାଲ ହେଇଥିବା ଚାଷୀଙ୍କ ଠୁଁ ସିଧାସଳଖ ଅଭିଯୋଗ ଆସୁଛି। କିଛି ଗୁଣ୍ଡା ଶ୍ରେଣୀର ଲୋକ ଓ ଦଲାଲ ମାନଙ୍କ ହାତରେ ଛାଡି ଦେଇ ପ୍ରାୟ ମଣ୍ଡିରେ ଅନୁପସ୍ଥିତ ରହୁଛନ୍ତି ସମ୍ପାଦକ। ପୁଆ ଭଳି କେତେ ମଣ୍ଡିରେ ଜଣେ ଚୌକିଦାର ଟ୍ରକ ଟ୍ରକ ଧାନ କିଣୁଥିବା ଦେଖିବାକୁ ମିଳିଥିଲା।ଏଥିରୁ ଜଣାପଡୁଛି ଯେ, ପେକ୍ସ ଡାଟାରେ ଉଠୁଛି ଧାନର ବାସ୍ତବ ଚିତ୍ର, କିନ୍ତୁ ଅଲଗା ଅଛି। ଗତ ୯ ତାରିଖରେ ଆମ ପ୍ରତିନିଧି ସୋନପୁର ବ୍ଲକ ଓ ତରଭା ବ୍ଲକର କିଛି ପେକ୍ସ ପରିଦର୍ଶନ କରି ସେସବୁର ଭିତିଭୂମି ଓ ସମସ୍ୟା ସବୁକୁ ଅନୁଧ୍ୟାନ କରି ଦେଖିଲେ ଯେ, ଖାରି ପେକ୍ସରେ ଭିତିଭୂମିର ପୁରା ଅଭାବ। ମିନି ବ୍ୟାଙ୍କ ଅଚଳ। ଶିବତୁଲାରେ ଜଳ ସଙ୍କଟ। ଛଅ ଛଅ ମାସ ଧରି ଚାଷୀ ଧାନ ବିକ୍ରି ଟଙ୍କା ପାଉନଥିବା ଜଣାପଡିଛି। ଯାହାକି ନୂତନ ଜିଲ୍ଲାପାଳ ବିମଳେନ୍ଦୁ ରାୟଙ୍କ ଠାରେ ମଧ୍ୟ ଏ ବିଷୟ ରେ ସାମ୍ବାଦିକ ମାନେ ଆଲୋଚନା କରି ତାଙ୍କର ହସ୍ତକ୍ଷେପ ଲୋଡିଥିବା ଜଣାଯାଇଛି। ପୁଆରେ ରାସ୍ତାରେ ପଡିଛି ହଜାର ହଜାର ବସ୍ତା ଧାନ। ଦେଉଳପଦର, ମେଣ୍ଡାରେ ଧାନ ପଡିଛି ଗଦାଗଦା ମଣ୍ଡି ପୁରା ଅଚଳ ଦିନ ଦିନ ଧରି ତାଲା ଝୁଲୁଛି। ମରାଡୁଗୁଛା ପେକ୍ସରେ ଫୁଲ ମନମାନି ଚାଲିଛି। ସେଠାରେ ଚାଷୀଙ୍କ ଅଭିଯୋଗକୁ ସିଧାସଳଖ ସଭାପତି କଣ୍ଠରୋଧ କରୁଥିବା ଦୃଷ୍ଟିଗୋଚର ହୋଇଛି। ସମ୍ପାଦକ ନବୀନ ଦାଶଙ୍କ ଫୋନ ସବୁବେଳେ ସ୍ୱିଚ ଅଫ। ଜଣାଯାଏ ଯେ, ଏଇ ସମ୍ପାଦକ ମହାଶୟ ପୂର୍ବରୁ ଶିବତୁଲା ସମ୍ପାଦକ ଦାୟିତ୍ୱରେ ଥିବା ବେଳେ ତାଙ୍କ ତଳିଆ ୨ ଜଣ କର୍ମଚାରୀ ଦୁର୍ନୀତିରେ ଭିଜିଲାନ୍ସ ଜାଲରେ ଛନ୍ଦି ହୋଇଥିଲେ ହେଲେ କୌଶଳ କ୍ରମେ ସେ ଖସି ଯାଇଥିବା ଏବଂ ସେ ଦୁର୍ନୀତିର ମାଷ୍ଟର ମାଇଣ୍ଡ ବୋଲି ଜଣାପଡିଛି। ଏଣୁ ଏ ସବୁ କଥାକୁ ବ୍ୟକ୍ତିଗତ ସ୍ତରରେ ଜିଲ୍ଲାପାଳ ହସ୍ତକ୍ଷେପ କରି ଏପରି ଅଚଳାବସ୍ଥା ଦୁର କରିବାକୁ ଜିଲ୍ଲାର ସଚେତନ ବର୍ଗ ଓ ଚାଷୀ ନେତା ଦାବି କରିଛନ୍ତି।

## ପାଉଁରୁଟି କାରଖାନାରେ ବେଆଇନ ମଦ ପ୍ରସ୍ତୁତି

ବ୍ରହ୍ମପୁର,୧୬।୬(ପି.ଏନ): ପାଉଁରୁଟି କାରଖାନାରେ ବେଆଇନ ମଦ ପ୍ରସ୍ତୁତି । ବ୍ରହ୍ମପୁର ଫାଷ୍ଟଗେଟ୍ ଓମ ନଗରରେ ରେଡ୍ । ନକଲି ବିଦେଶୀ ମଦ ପ୍ରସ୍ତୁତି ବେଳେ ବଡ଼ବଜାର ଥାନା ପୋଲିସ ଚଢ଼ାଉ କରିଛି । ଘଟଣାସ୍ଥଳରୁ ବିପୁଳ ପରିମାଣର ନକଲି ବିଦେଶୀ ମଦ ଜବତ ସହିତ ୨ ଜଣଙ୍କୁ ଅଟକ ରଖିଛି ପୋଲିସ । ଅଭିଯୁକ୍ତ ଦୁଇ ଭାଇ ହୋଇଥିବା ସୂଚନା ମିଳିଛି । ଅଟକ ବ୍ୟକ୍ତି ହେଲେ ତାରିଣୀ ଜେନା ଓ ମିଟୁ ଜେନା । ଘଟଣାସ୍ଥଳରୁ ୧୦ ପେଟି ବିଦେଶୀ ନକଲି ମଦ, ୧୦ରୁ ଅଧିକ ବସ୍ତା ମଦ ବୋତଲ, ଠିପି, ସିଲ୍ ଜବତ ହୋଇଛି । ୩ ଲିଟର କାରାମେଲ, ୬ ପେଟି ହୋମିଓପାଥି ସ୍ପିରିଟ ସହ ବହୁ ନକଲି ସାମଗ୍ରୀ ଜବତ କରିଛି ପୋଲିସ ।








# ଟି ଟାଇମ୍

## ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ

ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାର୍ବ୍ରୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ । ଯେବେ ବି ଥକ୍କାପଣ ଅନୁଭବ ହୁଏ ତେବେ ୧୫ କିମ୍ବା ୨୦ମିନିଟ୍ର ବିଶ୍ରାମ ଯେମିତି ହେଲେ ନେବେ । ନୀଦ ପୂରା ନହେଲେ ଶରୀରର ଓଜନ ମଧ୍ୟ ବଢ଼ିଥାଏ ଓ ଥକ୍କାପଣ ଜଲଦି ଆସିଯାଇଥାଏ ।

## କାଳୀ ଚରଣ ପଟ୍ଟନାୟକ

ଓଡିଆ ନାଟ୍ୟକାର ଓ କବି ଥିଲେ। ସେ ୧୮୯୭ ଡିସେମ୍ବର ୩ ତାରିଖ, ବକୁଳ ଅମାବାସ୍ୟା ଦିନ ବାଙ୍କୀ ସହର ଉପକଣ୍ଠରେ ଥିବା ଖମାରଙ୍ଗା ଗ୍ରାମରେ ପିତା ଦୁର୍ଗାଚରଣ ପଟ୍ଟନାୟକ ଓ ମାତା ରାଧାମାଳୀ ଦେବୀଙ୍କଠାରୁ ଜନ୍ମ ଗ୍ରହଣ କରିଥିଲେ। ସେ ପିତାମାତାଙ୍କର ଦ୍ୱିତୀୟ ସନ୍ତାନ ଥିଲେ। କାଳୀଚରଣଙ୍କ ପିତା ବଡମ୍ବାଗଡର ଦେବାନ ଥିଲେ। କାଳୀଚରଣ ପାରମ୍ପରିକ ଲୀଳା ନାଟକ ପ୍ରଦର୍ଶନ କରି ନିଜର ନାଟ୍ୟକାର ଜୀବନ ଆରମ୍ଭ କରିଥିଲେ ୪ର୍ଥ ଦଶକ ବେଳକୁ ସେ ଆଧୁନିକ ମଞ୍ଚ ନାଟକ ଲେଖି ତାହାର ବିପଣନ କରିବା ଆରମ୍ଭ କରିଥିଲେ। ସେଥି ପାଇଁ ୧୯୨୯ ମସିହାରେ "ସାକ୍ଷୀଗୋପାଳନାଟକ ସଂଘ" ଓ ୧୯୩୯ରେ "ଓଡିଶା ଥିଏଟର୍ସ" ନାମରେ ଏକ ରଙ୍ଗମଂଚ ଗଠନ କରି ଓଡିଶା ନାଟକାଭିନୟ ଜଗତର ପ୍ରସାର ଓ ଉନ୍ନତି କରିଥିଲେ। ତାଙ୍କର ଜନପ୍ରିୟ ନଟକ ଗାର୍ଲ ସ୍କୁଲ (୧୯୩୯) ଓଡିଆ ମଞ୍ଚାଭିନୟରେ ନୂତନ ଯୁଗର ଆରମ୍ଭ କରିଥିଲେ। ତାଙ୍କୁ ଆଧୁନିକ ଓଡଆ ନାଟ୍ୟଶାସ୍ତ୍ରର 'ଭରତ ମୁନି' ବୋଲି ମଧ୍ୟ କୁହାଯାଏ। ତାଙ୍କ ପ୍ରଚେଷ୍ଟାରୁ ୧୯୫୮ ମସିହାରେ ଓଡିଶୀ ନୃତ୍ୟ ଶାସ୍ତ୍ରୀୟ ମର୍ଯ୍ୟାଦା ପାଇଥିଲେ। ସେଥି ପାଇଁ ସମସ୍ତ ଓଡିଶୀ ନାଟ୍ୟଗୁରୁ ଓ ନୃତ୍ୟଶିଳ୍ପୀମାନେ ତାଙ୍କୁ ମନେ ରଖିଛନ୍ତି। କାଳୀଚରଣ ତାଙ୍କର ପ୍ରାଥମିକ ଶିକ୍ଷା ଚଟ୍ଟିକା ପ୍ରାଥମିକ ବିଦ୍ୟାଳୟରେ ସମ୍ପନ୍ନ କରି ଖୋର୍ଦ୍ଧା ଉଚ୍ଚବିଦ୍ୟାଳୟରେ ମାଟ୍ରିକ ପଢ଼ିଥିଲେ। କଟକର ରେଭେନ୍ସା କଲେଜରୁ ସେ ଉଚ୍ଚତର ଶିକ୍ଷା ଗ୍ରହଣ କରିଥିଲେ। ଖୋର୍ଦ୍ଧା ସ୍କୁଲରେ ପଢୁଥିବା ସମୟରେ ସଙ୍ଗୀତ ନାଟକ ପ୍ରତି ଆସକ୍ତ କଳୀଚରଣ ପ୍ରଥମ ସଙ୍ଗୀତଜ୍ଞ ବାସୁଦେବ ମହାପାତ୍ର ଓ ପରେ ଓସ୍ତାଦ୍ ଖାନୁ ଖାଁ, ବନଓ୍ୱାରୀ ମିଶ୍ରଙ୍କ ଭଳି ବିଶାରଦଙ୍କଠାରୁ ଶାସ୍ତ୍ରୀୟ ସଂଗୀତ ଶିକ୍ଷା କରିଥିଲେ। ବାଙ୍କୀର ମହାପର୍ବତ ଦେଖି ମହାପର୍ବତ ନାମକ ଖଣ୍ଡକାବ୍ୟ ଓ କଳଙ୍କ ଭଂଜନମାଳା ନାଟକ ରଚନା କରିବା ପରେ ଶିକ୍ଷକ ପଣ୍ଡିତ କୃପାସିନ୍ଧୁ ହୋତାଙ୍କ ପ୍ରକୃତି ବର୍ଣ୍ଣନା ପାଇଁ ଉପଦେଶ ତାଙ୍କର ରଚନାତ୍ମକ ଦୃଷ୍ଟିଭଙ୍ଗୀରେ ଏକ ଉଲ୍ଲେଖନୀୟ ପରିବର୍ତ୍ତନ ଆଣିଥିଲା। ଗୋବିନ୍ଦଚନ୍ଦ୍ର ଶୂଦ୍ରଦେଓଙ୍କ ସମ୍ପର୍କରେ ଆସି ତାଙ୍କର ନାଟକ ସୁଲଭତା ବିକଶିତ ହୋଇଥିଲା। ୧୯୧୮ ମସିହାରେ ଆଇ.ଏ ପଢ଼ିବାବେଳେ ସେ ପ୍ରଥମ ନାଟକ ଧ୍ରୁବ ରଚନା କରିଥିଲେ ମଧ୍ୟ ତାଙ୍କର ପ୍ରଥମ ସାମାଜିକ ନାଟକ ଥିଲା ୧୯୩୪ ମସିହାରେ ରଚିତ ପ୍ରତିଶେଶଧ। ପ୍ରାୟ ୪୦ ଟି ପୂର୍ଣ୍ଣାଙ୍ଗ ନାଟକ ସହିତ ସେ ରଚନା କରିଯାଇଛନ୍ତି ବହୁ ନୃତ ନାଟିକା, କାବ୍ୟ ନାଟିକା, ଗଳ୍ପ, ଉପନ୍ୟାସ, କବିତା ଆଦି ଅନେକ ଅନବଦ୍ୟ କୃତି।

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ପୁରାଣ କାହାଣୀ

## ପଂଚବଟୀ ରେ ରାମଚନ୍ଦ୍ର

ଭାରତ ରାମଙ୍କୁ ବହୁତ ଅନୁନୟ ବିନୟ ପୂର୍ବକ ଫେରିଆସିବାକୁ ଏବଂ ରାଜ୍ୟ ଭାର ଗ୍ରହଣ କରିବାକୁ ଆକୁଳ ପ୍ରାର୍ଥନା କଲେ। ମାତ୍ର ରାମ ଭରତଙ୍କ ଅନୁରୋଧ ପ୍ରତ୍ୟାଖାନା କରିଥିଲେ। ରାମ, ସୀତା ଏବଂ ଲକ୍ଷ୍ମଣ ଏହି ବନବାସ ସମୟରେ ଗୋଦାବରୀ ନାଦୀ ତଟରେ ଗମନ କରି ପଞ୍ଚବଟୀ ଠାରେ ଏକ କୁଟୁର ନିର୍ମାଣ କରି ଅବସ୍ଥାନ କଲେ। ସେହି ସମୟରେ ଋଷିମୁନିମାନଙ୍କର ଅନୁରୋଧ କ୍ରମେ ସେମାନେ ଅନେକ ରାକ୍ଷ କୁ ବଧ କରିଥିଲେ। ବିରାଧ ରାକ୍ଷସ ଏମାନଙ୍କ ମଧ୍ୟରେ ପ୍ରଥମ ଥିଲା।



## ପତ୍ନୀ ଛାଡ଼ି ପଳାଇଲେ ଉପହାରରେ ମିଳୁଛି ଅବିବାହିତ ଝିଅ

ବେଜିଂ ଯଦି କୌଣସି ବ୍ୟକ୍ତିଙ୍କ ପତ୍ନୀ ତାଙ୍କୁ ଛାଡି ଅନ୍ୟ କାହା ସହ ଫେରାର ହୋଇଥାନ୍ତି ତେବେ ଏନେଇ ସ୍ୱାମୀଙ୍କୁ ଚିନ୍ତା କରିବାର ଆଉ ଆବଶ୍ୟକତା ନାହିଁ। କାରଣ ଏଭଳି ସ୍ୱାମୀଙ୍କୁ ଉପହାରରେ ଦିଆଯାଉଛି ଅବିବାହିତ ଝିଅ। ତା' ପୁଣି ପତ୍ନୀ ଛାଡି ପଳାଇବାର ୧ବର୍ଷ ଭିତରେ। ଚୀନର ଏକ ମ୍ୟାରେଜ ବ୍ୟୁରୋ ସଂସ୍ଥା ନିଜ ବିଜ୍ଞାପନରେ ଏହି ଅଫର ଦେଇଛି। ସୋସିଆଲ ମିଡିଆରେ ପ୍ରକାଶିତ ଖବର ଅନୁସାରେ ଚୀନର ଏକ ମ୍ୟାରେଜ



ବ୍ୟୁରୋ ସଂସ୍ଥା ନିଜ ବିଜ୍ଞାପନରେ ଉଲ୍ଲେଖ କରିଛି ଯେ ଯଦି କୌଣସି ଚୀନର ବ୍ୟକ୍ତି ଭିଏତନାମର ମହିଳାଙ୍କୁ ବିବାହ କରିଛନ୍ତି ଏବଂ ଏହି ମହିଳା ତାଙ୍କୁ ଛାଡି ଅନ୍ୟତ୍ର ଘର ବସାଉଛନ୍ତି ତେବେ ଏହାର ପ୍ରତିବଦଳରେ ଉକ୍ତ ବ୍ୟକ୍ତିଙ୍କୁ ଭିଏତ୍ନାମର ଜଣେ ଅବିବାହିତା କନ୍ୟାଙ୍କୁ ମାଗଣାରେ ବିବାହ କରିବାର ସୁବିଧା ପ୍ରଦାନ କରାଯିବ। ୧ବର୍ଷ ଭିତରେ ଏହି ସୁବିଧା ପ୍ରଦାନ କରାଯିବ ବୋଲି ସଂସ୍ଥା ପକ୍ଷରୁ କୁହାଯାଇଛି।

## ସଡକ ପୂରା କରିବା ପାଇଁ ବିକିଦେଲେ ସମସ୍ତ ସମ୍ପତି

ଟେକ୍ସାସ୍ ସାଧାରଣତଃ ନିଜ ଘର ଓ ପରିବାରର ଆବଶ୍ୟକତା ପାଇଁ ଲୋକେ ଅର୍ଥ ସଂଚୟ କରିଥାନ୍ତି। ହେଲେ ଟେକସାସ୍ରେ ରହୁଥିବା ଜଣେ ଦମ୍ପତ୍ତି ନିଜର ଭ୍ରମଣ ସଡକ ପୂରା କରିବା ପାଇଁ ନିଜ ଘର ସହ ସମସ୍ତ ସମ୍ପତ୍ତିକୁ ବିକ୍ରି କରିଦେଇଛନ୍ତି। ଏହି ଦମ୍ପତ୍ତିଙ୍କର ମଧ୍ୟ ୫ଟି ସନ୍ତାନ ଅଛି। ଏହି ସ୍ୱାମୀ ସ୍ତ୍ରୀ ଜଣଙ୍କ ହେଉଛନ୍ତି ଷ୍ଟିଫେନ୍ ଏବଂ ଜୋର୍ଡାନ୍। ବର୍ତ୍ତମାନ ସେମାନେ ତୁର୍କୀ ଓ ଅଷ୍ଟ୍ରେଲିଆ ଟୁର୍



କରି ଫେରିଥିଲା ବେଳେ ଖୁବ୍ ଶୀଘ୍ର ଆଣ୍ଟାର୍କଟିକା, ନ୍ୟୁଜଲାଣ୍ଡ ଗସ୍ତରେ ଯିବାର ଯୋଜନାରେ ଅଛନ୍ତି। ପେଶାରେ ଓ୍ୱେବ ଡିଜାଇନର ଥିବା ଷ୍ଟିଫେନ୍ କୁହନ୍ତି ଯେ ମୋ ସ୍ୱାମୀ ଜୋଡାନ୍ଙ୍କର ଭ୍ରମଣ କରିବାର ବଡ଼ ସଉକ ରହିଛି। ସେ ମୋ ସହ ପିଲାମାନଙ୍କୁ ନେଇ ବିଭିନ୍ନ ଦେଶ ଭ୍ରମଣ କରୁଛନ୍ତି। ଏଥିପାଇଁ ଆମେ ଆମର ଘର ଓ ସମସ୍ତ ସମ୍ପତ୍ତି ବିକ୍ରି କରିଦେଇଛୁ। ତେବେ ଭ୍ରମଣ ପରେ ପୁଣି ଥରେ ନୂଆ ଘର ବସାଇବା ଯଦିଓ କଷ୍ଟକର ତଥାପି ଭ୍ରମଣ ସାରିବା ପରେ ହିଁ ଆମେ ଏ ସମ୍ପର୍କରେ ନିଷ୍ପତ୍ତି ନେଉ। ବିଶ୍ୱ ଭ୍ରମଣ ଦ୍ୱାରା ନୂଆ ଭାଷା, ନୂଆ ସଂସ୍କୃତି ସହ ଆମେ ଅବଗତ ହୋଇପାରୁଛୁ।

## ମହିଳା ଚପଲ ଉଠାଇବାରୁ ପଳାଇଲା କୁମ୍ଭୀର

ସିଡନୀ କୁମ୍ଭୀରଟିଏ ଦେଖିଲେ ଯେକୌଣସି ବ୍ୟକ୍ତିର ମନରେ ଭୟ ସୃଷ୍ଟି ହେବା ସ୍ୱାଭାବିକ। ହେଲେ ଅଷ୍ଟ୍ରେଲିଆର କକାଡୁ ନ୍ୟାସନାଲ ପାର୍କରେ ଏକ ଭିନ୍ନ ଘଟଣା ଦେଖିବାକୁ ମିଳିଛି। ଯେତେବେଳେ ଜଣେ ମହିଳା ଆକ୍ରମଣାତ୍ମକ ଆଭିମୁଖ୍ୟ ରଖିଥିବା ଏକ କୁମ୍ଭୀରକୁ ଚପଲ ଦେଖାଇଲେ ସେତେବେଳେ କୁମ୍ଭୀରଟି ହ୍ରଦ ଭିତରକୁ ପଳାଇଥିଲା। ମହିଳା ଜଣଙ୍କ ପାର୍କରେ ନିଜ କୁକୁର ସହ ବୁଲୁଥିଲା ବେଳେ ପାଖରେ ଥିବା



ଏକ ହ୍ରଦରୁ କିଛି କୁମ୍ଭୀର ତାଙ୍କୁ ଦେଖିବା ସହ ଆକ୍ରମଣ କରିବାର ପରିସ୍ଥିତିକୁ ଆସିଥିଲେ। ଏହାଦେଖି ମହିଳା ଜଣଙ୍କ ବିନା ଡରରେ ଚପଲ ଉଠାଇ ମାରିବାକୁ ଗୋଡାଇଥିଲେ କୁମ୍ଭୀରମାନଙ୍କୁ। ଆଉ କୁମ୍ଭୀରମାନେ ପଳାଇଥିଲେ ହ୍ରଦ ଭିତରକୁ। ଏହି ଘଟଣାଟି ପାର୍କରେ ଲାଗିଥିବା ସିସି ଟିଭି କ୍ୟାମେରାରେ କଏଦ ହୋଇଯାଇଥିଲା। ବର୍ତ୍ତମାନ ଏହି ଭିଡିଓ ସୋସିଆଲ ମିଡିଆରେ ବଡ଼ ଭାଇରାଲ ହୋଇଛି।

## ଚା'ପତି ବଦଳରେ କୀଟନାଶକ, ୨ମୃତ



ଭଭୁଆ ବିହାରର କେମୁ ଜିଲା କୁଢନି ଥାନାରେ ବିଷାକ୍ତ ଚା' ପିଇ ଦୁଇ ମହିଳାଙ୍କ ମୃତ୍ୟୁ ସହ ୬ଜଣ ଗୁରୁତର ଅବସ୍ଥାରେ ଡାକ୍ତରଖାନାରେ ଚିକିତ୍ସିତ ହେବା ଘଟଣାରେ ପ୍ରକୃତ ତଥ୍ୟ ପଦାକୁ ଆସିଛି। ଚା' ତିଆରି ସମୟରେ ଭୁଲ ବଶତଃ ଚା' ପତି ବଦଳରେ ପକାଯାଇଥିଲା କୀଟନାଶକ। ପୁଲିସର କହିବା ଅନୁସାରେ ସୋତବା ଗ୍ରାମର ଦଶବନ୍ତି ଦେବୀଙ୍କ ଘରକୁ ସୋମବାର କିଛି ଅତିଥି ଆସିଥିଲେ। ରାତ୍ର ଭୋଜନ ସରିବା ପରେ ସମସ୍ତଙ୍କ ପାଇଁ ଚା' ତିଆରି ହୋଇଥିଲା। ହେଲେ ରୋଷେଇ ଘରେ ଥିବା କୀଟନାଶକକୁ ଚା' ପତି ଭାବି ଜଣେ ମହିଳା ପକାଇ ଦେଇଥିଲେ। ଆଉ ଏହା ପିଇବା ପରେ ବିଳମ୍ବିତ ରାତିରେ ଦଶବନ୍ତି ଓ ତାଙ୍କ ଝିଅ ସୀତା କୁଅଁରଙ୍କ ମୃତ୍ୟୁ ହୋଇଥିଲା।

## ଆଜିର ଭାଗ୍ୟ

**ମେଷ** – ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** – ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** – ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।

**କର୍କଟ** – ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** – ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୱ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** – ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** – ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** – ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** – ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** – କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** – ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** – ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।

## କୃତ୍ରିମ ଜଳପ୍ରପାତ



ଚାଇନା ଅନ୍ତର୍ଗତ ୟୁନାନ ପ୍ରଦେଶର କୁନମିଂରେ ପର୍ଯ୍ୟଟକଙ୍କ ମନୋରଞ୍ଜନ ପାଇଁ ଏକ କୃତ୍ରିମ ଜଳ ପ୍ରପାତ ସୃଷ୍ଟି କରାଯାଇଛି । ଏହାର ଉଚ୍ଚତା ସାଢ଼େ ୧୨ ମିଟର । ଚଉଡା ଚାରି ଶହ ମିଟର । ନିଉଲାନ୍ ନଦୀରେ ପ୍ରବାହିତ ଜଳକୁ ୟୁନାନର ବୃହତ୍ତମ ମଧୁର ଜଳ ହ୍ରଦ ଡିଆନସି ମଧ୍ୟରେ ପ୍ରବେଶ କରାଇ ଏହି ପ୍ରପାତ ସୃଷ୍ଟି କରାଯାଇଛି । ଏହାଦ୍ୱାରା ବନ୍ୟା ବିପ୍ତାତରୁ ରକ୍ଷା ମିଳିବା ସହ ସହରର ପାନୀୟ ଜଳ ଯୋଗାଣ ବ୍ୟବସ୍ଥାରେ ଉନ୍ନତି ଆସି ପାରିବ । କୃତ୍ରିମ ଜଳ ପ୍ରପାତ ଚାରିପଟେ ଉଦ୍ୟାନ ରହିଛି । ଦୁଇ ବର୍ଷ ତଳେ ଉଭୟ ପ୍ରପାତ ଓ ଉଦ୍ୟାନ ବିକଶିତ କରାଯାଇଛି । ଉକ୍ତ ପ୍ରକଳ୍ପରେ ସତର କୋଟି ମାର୍କିନ୍ ଡଲାର ବ୍ୟୟ ହୋଇଥିବା ପ୍ରକାଶ ।




## ହାଇଡ୍ରୋପନିକ୍ସ କ'ଣ ?

ସାଧାରଣତଃ ଆମେ ଜାଣୁ କି ଗଛ ମାଟି ଭିତରେ ହିଁ ବଢ଼ିଥାଏ। ମାଟିର ଥିବା ଖଣିଜଲବଣ ଓ ପୋଷକତତ୍ତ୍ୱକୁ ନେଇ ଗଛ ବଂଶବିସ୍ତାର କରେ। କିନ୍ତୁ ଯଦି ଜଣକୁ କୁହାଯାଏ ଯେ ବିନା ମାଟିରେ ବି ଗଛ ବଢ଼ିପାରିବ , ତେବେ ଏହା ହୁଏତ ନୂଆ ଲାଗୁଥାଇପାରେ। କିନ୍ତୁ ଆଜିର ବିଜ୍ଞାନ ଯୁଗରେ



କୃଷିବିଜ୍ଞାନରେ ଏହା କିଛି ଅସମ୍ଭବ ନୁହେଁ। ବିନା ମାଟିରେ ଗଛ ବଢ଼ିପାରିବାର କୌଶଳକୁ ହାଇଡ୍ରୋଫନିକ୍ସ କୁହାଯାଏ। ମାଟିର ଅନୁପସ୍ଥିତିରେ ଜଳକୁ ମାଧ୍ୟମ କରି ପାଣି ଭିତରେ ପୋଷକତତ୍ତ୍ୱର ଉପାଦାନକୁ ସଂଗୃହୀତ କରି ଗଛକୁ ବଢ଼ାଯାଇପାରେ। ପାଣି ଭିତରେ ଗଛର ଚେର ଖୁବ ସହଜରେ ବଢ଼ିପାରେ। କାରଣ ଗଛ ଆବଶ୍ୟକ କରୁଥିବା ଉପାଦାନ ସବୁ ଏହି ପୋଷକଯୁକ୍ତ ପାଣିରେ ଥାଏ। ମୋଟ ଉପରେ କହିବାକୁ ଗଲେ ମୃତ୍ତିକାର ବିନା ସାହାଯ୍ୟରେ ପାଣିରେ ସମସ୍ତ ଆବଶ୍ୟକୀୟ ପୋଷକ ପଦାର୍ଥ ମିଶାଇ ଯେ କୌଣସି ଗଛ ବଢାଇବାକୁ ହାଇଡ୍ରୋପୋନିକ୍ସ କୁହାଯାଏ। ଏହି ପଦ୍ଧତିକୁ ଆମେ କୃଷିକ୍ଷେତ୍ରରେ ଉପଯୋଗ କରି ଫସଲ ଅମଳ କରିପାରିବା। ସାଧାରଣତଃ ଗଛ ବଢିବା ପାଇଁ ବିଭିନ୍ନ ପୋଷକ ପଦାର୍ଥ ମାଟିରୁ ଗ୍ରହଣ କରିଥାଏ ଠିକ୍ ସେହିପରି ହାଇଡ୍ରୋପୋନିକ୍ସ ରେ ଗଛ ପାଣିରୁ ସମସ୍ତ ଆବଶ୍ୟକୀୟ ଖାଦ୍ୟ ଗ୍ରହଣ କରିଥାଏ। ଗଛର ସମ୍ପୂର୍ଣ୍ଣ ଜୀବନକାଳ କେବଳ ପାଣିରେ ହିଁ ରହିଥାଏ। ବିଭିନ୍ନ ପ୍ରକାର ପନିପରିବା ଯଥା - ଟମାଟୋ , ପାଳଙ୍ଗ, କାକୁଡ଼ି ପ୍ରଭୃତି ସହଜରେ ଉତ୍ପାଦନ କରାଯାଇପାରେ।ଏହା ଏକ ସରଳ ପ୍ରକ୍ରିୟା ଅଟେ। ମଂଜି କିମ୍ବା ଚାରା ଗୁଡିକୁ ଏକ ପାତ୍ରରେ ରଖାଯାଇ ଏଥିରେ ତୁଳା, କାଠଗୁଣ୍ଡ, ନଡିଆ କତା, ଭରମିକୁଲାଇଟ୍ କିମ୍ବା ପରଲାଇଟ୍ ଭଳି ଯେ କୌଣସି ପଦାର୍ଥ ରଖାଯାଇଥାଏ ଯାହାକି ଗଛ ଗୁଡିକୁ ସିଧା ରଖିବାରେ ସାହାଯ୍ୟ କରିଥାଏ। ଏହି ପାତ୍ରକୁ ପୋଷକ ପଦାର୍ଥ ମିଶିଥିବା ପାଣି ରେ ରଖାଯାଏ। ଚାରା ବଡହେବା ସହ ଚେର ଗୁଡିକ ପାଣିରେ ବୁଡି ରହିଥାଏ। ଗଛର ଚେର ସେଥିମଧ୍ୟରୁ ପୋଷକ ପଦାର୍ଥ ଗ୍ରହଣ କରିଥାଏ ଏବଂ ଗଛକୁ ବଢିବାରେ ସାହାଯ୍ୟ କରିଥାଏ। ସମସ୍ତ ଗଛ ର ଚେର ଗୁଡିକୁ ସଠିକ ମାତ୍ରାରେ ଖାଦ୍ୟ ମିଳିବା ନିମନ୍ତେ ଜଳକୁ ଚକ୍ରୀୟ ପ୍ରକ୍ରିୟାରେ ଅନବରତ ପ୍ରବାହିତ କରାଯାଇଥାଏ। ଯାହା ଦ୍ୱାରା ଚେର ଉପଯୁକ୍ତ ଅମ୍ଳଜାନ ଏବଂ ଖାଦ୍ୟସାର ପାଇଥାଏ। ଏହି ଉପାୟରେ କୌଣସି ପ୍ରତିବନ୍ଧକ ନ ଥିବାରୁ ଗଛଗୁଡିକ ମାଟି ଅପେକ୍ଷା ଖୁବ ଭଲ ଏବଂ ଶୀଘ୍ର ବଢିଥାନ୍ତି। ଉପଯୁକ୍ତ ପରିବେଶ ରେ ବର୍ଷର ସବୁ ସମୟରେ ଫସଲ ଉତ୍ପାଦନ ସମ୍ଭବ ହୋଇଥାଏ। ହାଇଡ୍ରୋପୋନିକ୍ସ ଦ୍ୱାରା ଶୀତଦିନିଆ ପନିପରିବା ବର୍ଷର ଯେ କୌଣସି ସମୟରେ ଚାଷ କରାଯାଇଥାଏ। ମୁଖ୍ୟତଃ କୌଣସି ରସାୟନିକ ସାର କିମ୍ବା ଔଷଧର ବ୍ୟବହାର ହେଉନଥିବାରୁ ଏହା ସମ୍ପୂର୍ଣ୍ଣ ରୁପେ ଜୈବିକ ହୋଇଥାଏ। ହାଇଡ୍ରୋପୋନିକ୍ସ ଉପାୟରେ ମୃତ୍ତିକାର ଆବଶ୍ୟକତା ନଥିବାରୁ ଖୁବ୍ କମ ସ୍ଥାନରେ ଉପରକୁ ଉପର ଲମ୍ବ ଭାବେ ସୋପାନ କରି ଚାଷ କରାଯାଇପାରିବ। ଏହା ଦ୍ୱାରା କମ ସ୍ଥାନରୁ ଅଧିକ ଅମଳ ମିଳିପାରିବ। ସାଧାରଣ ଲୋକଟିଏ ମଧ୍ୟ ନିଜ ଘରେ କିମ୍ବା ଛାତ ଉପରେ ଚାଷକରି ପରିବାରର ଅବଶ୍ୟକତା ପୂରଣ କରିପାରିବ।

# ବିନା ମାଟିରେ ଚାଷ



ପ୍ରସ୍ତୁତି- ଡ଼ି ଶୁଭମ୍
ସଂଯୋଜକ, କୃଷି ଦୁନିଆ

ଜନସଂସ୍କୃତି ଆଉ କୃଷି ପରସ୍ପରର ପରିପୂରକ। କୃଷି ଆଉ କୃଷକର ସାଥ ବିନା ଖାଦ୍ୟ ସାରା ଦୁନିଆ ପାଇଁ ଏକ ସ୍ୱପ୍ନ ପ୍ରାୟ। ମଣିଷ ଯଦି କାଲି ବଂଚିବା ପାଇଁ କିଛି ନୂଆ ସମ୍ଭାବନା ଦେଖେ ତାହେଲେ କୃଷି ବିନା ଏସବୁ ଦୁଃସ୍ୱପ୍ନ। ଦିନ ଥିଲା ଏ ସମାଜ ସବୁଜିମାର ବଳୟ ଭିତରେ ଆବଦ୍ଧ ହୋଇ ଥିଲା। ପରିବେଶ ସବୁଜର ଆବରଣରେ ବେଶ ଖୁସି ହୋଇ ହସୁଥିଲା। କୃଷିକୁ କଷ୍ଟ ନୁହେଁ ବରଂ ଏକ କର୍ମସିକ୍ତ ଭାବନାରେ ପ୍ରତିପାଦିତ କରାଯାଉଥିଲା। ଚାଷ ଜମି ଥିଲା ଚାଷୀର ସବୁକିଛି। ସଭ୍ୟତା ଓ ସଂସ୍କୃତିର ମାନଦଣ୍ଡ। ଦେଶ ଅର୍ଥନୀତିର ମାପକାଠି ରୂପେ କୃଷିକୁ ହିଁ ବିବେଚନା କରାଯାଉଥିଲା। କିନ୍ତୁ ସମୟ ଆସିଛି କୃଷି ପାଇଁ ଆଉ ସେପରି ମନରେ ଶ୍ରଦ୍ଧା ନାହିଁ। ଚାକିରୀର ନିଶାରେ ଏବେ ସମସ୍ତେ ମତୁଆଲା। କାଦୁଅ ବିଲରେ ଗୋଡ଼ ପଶେଇବାକୁ ଆଉ କେହି ବି ଇଚ୍ଛା କରୁନାହାନ୍ତି। ଟଙ୍କା ସର୍ବସ୍ୱ ଏ ଦୁନିଆରେ ସଭିଏଁ ନିଜ କର୍ମରେ ବ୍ୟସ୍ତ। ସେଇଥିପାଇଁ ତ ଆଜି ଚାଷ ଜମି ସବୁ ପଡ଼ିଆ ହୋଇ ପଡୁଛି , ସବୁଜିମା ନାହିଁ ବରଂ କଳକାରଖାନାର ଦୂଷିତ ଆବରଣରେ ବନ୍ଧା ହୋଇପଡ଼ିଛି। ପରିବେଶ ସନ୍ତୁଳନ ଠିକ ଭାବେ ରହୁନାହିଁ। ଆଉ ଯେତିକି ବି ଚାଷ ଜମି ରହିଲା ସେସବୁ ରାସାୟନିକ ବିଷ ସାରରେ ଭରପୂର। ପରୋକ୍ଷରେ ସବୁଜ ବିଷକୁ ଗ୍ରହଣ କରୁଛନ୍ତି ମାନବ ସମାଜ। ଆଜିର ଯୁବଗୋଷ୍ଠୀ ଚାଷ ପାଇଁ ବିମୁଖ। କ୍ଷେତକାମ ପାଇଁ ଆଉ ଆଗପରି ଆଗ୍ରହ ସୃଷ୍ଟି ହେଉନାହିଁ। କିନ୍ତୁ ଆଜି ବି ଚାଷ ଜମିରେ ନୂଆ ପଦ୍ଧତିରେ ଚାଷ କରି ଲକ୍ଷଲକ୍ଷ ଟଙ୍କା କମେଇହେଉଛି। କେବଳ ଟଙ୍କା ନୁହେଁ ବରଂ ପରିବେଶ ସୁସ୍ଥ ରହିବା ସହ ମନ ବି ପ୍ରଫୁଲ୍ଲ ରହେ। ସେମିତି ଆଜି ହାଇଡ୍ରୋପନିକ୍ସ ଏବେ ଆତ୍ମନିର୍ଭରଶୀଳତାର ନୂଆ ଏକ ଅଧ୍ୟାୟ।

*ତଥ୍ୟ ସହାୟତା-ବିଶ୍ୱଜିତ ମଲ୍ଲିକ*





ସାଧାରଣତଃ ହାଇଡ୍ରୋପନିକ୍ସ ରିଜର୍ଭୟାର ଗୁଡ଼ିକ ପ୍ଲାଷ୍ଟିକରେ ତିଆରି ହୋଇଥାଏ କିନ୍ତୁ ଏହା ବ୍ୟତୀତ ଅନ୍ୟ ଉପାଦାନରେ ମଧ୍ୟ ଏହା ଗଠିତ ହୋଇଥାଏ। ଯଥା - କଂକ୍ରିଟ , କାଚ , କାଠ ଇତ୍ୟାଦି.. ହାଇଡ୍ରୋପନିକ୍ସରେ ୯୫ଶତକଡ଼ାରୁ କମ ପାଣି ବ୍ୟବହାର କରାଯାଇଥାଏ। ହାଇଡ୍ରୋପନିକ୍ସରେ ଗଛଟିଏ ଉପଯୁକ୍ତ ପୋଷକତତ୍ତ୍ୱ ପାଇ ବଂଶବିସ୍ତାର କରିଥାଏ। ଛୋଟ ଚେରଥିବା ଗଛ ଖୁବ ଶୀଘ୍ର ବଢ଼ିପାରିଥାଏ। ଏହା ପରିବେଶ ପ୍ରଦୂଷଣକୁ ରୋକିବା ସହ ଏକ ସୁସ୍ଥ ଆଉ ସୁନ୍ଦର ପରିବେଶ ସୃଷ୍ଟି କରିଥାଏ।

**କ'ଣ ପାଇଁ ହାଇଡ୍ରୋପନିକ୍ସ**

- ମୁଖ୍ୟ ଉପକାରିତା ମଧ୍ୟରେ ହାଇଡ୍ରୋପୋନିକ୍ସ ଦ୍ୱାରା ବର୍ଷର ଯେ କୌଣସି ସମୟରେ ମଧ୍ୟ ଫସଲ ଚାଷ ଏବଂ ଅମଳ କରାଯାଇ ଖାଦ୍ୟ ସମସ୍ୟାକୁ ଦୂର କରାଯାଇପାରିବ।
- ଏହି ଉପାୟରେ ୯୦ ପ୍ରତିଶତ ଜଳ ସଂରକ୍ଷଣ କରାଯାଇପାରିବ।
- ସ୍ୱଳ୍ପ ସ୍ଥାନ ଏବଂ ଖୁବ କମସମୟରେ ଅଧିକ ଫସଲ ଅମଳ କରାଯାଇପାରିବ।
- ଏହା ଦ୍ୱାରା ଜୈବିକ ଫସଲ ଉତ୍ପାଦନ କରାଯାଇପାରିବ।
- ପରିବାର ର ପାକଶାଳା ପାଇଁ ଏହା ଏକ ବରଦାନ ସଦୃଶ ଯାହାକି ସମସ୍ତ ପନିପରିବାର ଚାହିଦା ପୁରଣ କରିପାରିବ।
- ହାଇଡ୍ରୋପୋନିକ୍ସରେ ବ୍ୟବହୃତ ପୋଷକ ପଦାର୍ଥ ର ମୂଲ୍ୟ ଜମିରେ ବ୍ୟବହୃତ କୀଟନାଶକ ଏବଂ ସାର ଅପେକ୍ଷା ବହୁତ କମ।
- କୌଣସି ଅନାବନା ଘାସ ଉଠୁନଥିବା ହେତୁ ଫସଲ ଭଲ ବଢିଥାଏ।
- ମୂଲ୍ୟବାନ ବୃକ୍ଷ ଫୁଲ ମଧ୍ୟ ଚାଷକରାଯାଇ ପାରିବ।

**ଅପକାରିତା**

- ଏଥିପାଇଁ ପ୍ରଥମତଃ ଏହାର ପରିଚାଳନା ନିମନ୍ତେ ପ୍ରଶିକ୍ଷିତ ବ୍ୟକ୍ତି ଆବଶ୍ୟକ।
- ଗଛ ଗୁଡିକର ଚେର ସମ୍ପୁର୍ଣ୍ଣ ରୁପେ ପାଣିରେ ବୁଡିରହୁଥିବା ହେତୁ ରୋଗ ସଂକ୍ରମଣର ଆଶଙ୍କା ଅଧିକ ଥାଏ।
- ଚେର ପାଣିରେ ଭାସୁଥିବା ହେତୁ ଫଳ ଧରିବା ସମୟରେ ଗଛ ଗୁଡିକ ଭାଙ୍ଗିଯିବାର ଆଶଙ୍କା ରହିଥାଏ।
- ଜଳରେ ଲବଣ ଅଂଶ ରହିଲେ ଗଛ ବୃଦ୍ଧିରେ ଅସୁବିଧା ହୋଇଥାଏ।
- ଏହା ଲାଭଦାୟୀ ପଦ୍ଧତି ହେଲେମଧ୍ୟ ପ୍ରଥମିକ ଖର୍ଚ୍ଚ ବହୁତ ଅଧିକ ହୋଇଥାଏ।
- ସାଧାରଣତଃ ଲୋକମାନେ ସ୍ୱଳ୍ପ ଆୟ ହାଇଥିବାରୁ ଏଥିପ୍ରତି ଧ୍ୟାନ ଦେଉନାହାନ୍ତି।

# ଚାଷ ଓ ଚାଷୀର କଥା...



ଆମ ଓଡ଼ିଶା ଗୋଟିଏ କୃଷି ପ୍ରଧାନ ରାଜ୍ୟ । ଏହାର ଅଧିକାଂଶ କୃଷି ଭୂମି ଗାଁ ଗହଳରେ ଅବସ୍ଥିତ । ଏହାର ଅଧିକାଂଶ କୃଷିଜିବି, ସେମାନେ କୃଷିକାର୍ଯ୍ୟ ଓ ମୂଲମଜୁରୀ ଲାଗି ସେମାନଙ୍କର ପରିବାର ପ୍ରତିପୋଷଣ କରନ୍ତି । ଓଡ଼ିଶାରେ ଅଧିକାଂଶ କୃଷକ ମାନଙ୍କର ନିଜର ଚାଷଜମି ନଥାଏ । ଏଣୁ ସେମାନେ ଭାଗଚାଷ କରନ୍ତି । ସାଧାରଣତଃ ଗାଁକହଳିରେ କୃଷକମାନଙ୍କ ପାଖରେ ଭଲ ଉତ୍ପାଦନ କରିବାର ଜ୍ଞାନ କୌଶଳ ଏବଂ ସୂଚନା ନଥାଏ । ସେମାନେ ପାରମ୍ପାରିକ ଭାବରେ କୃଷିକାର୍ଯ୍ୟ କରିଥାନ୍ତି । ପ୍ରାକୃତିକ ବିପର୍ଯ୍ୟୟ ହେତୁ ବହୁତ ଫସଲ କ୍ଷତି ଏବଂ ବ୍ୟାଘାତ ହୋଇଥାଏ ଓ କମ୍ ଉତ୍ପାଦନ ହୋଇଥାଏ । ଏଥି ଯୋଗୁଁ ସରକାର ମଧ୍ୟ ଆର୍ଥିକ ସହାୟତା ଦେଇଥାନ୍ତି । କିନ୍ତୁ ତାହା ଜମି ମାଲିକ ନିକଟକୁ ଚାଲିଯାଇଥାଏ ଏବଂ କୃଷକ ଏଥିରୁ କିଛି ପାଇ ନଥାଏ । ଏଥିଯୋଗୁଁ କେତେକ କୃଷକ ଭାଗଚାଷ କରିବାକୁ ମନା କରିଥାନ୍ତି । କୃଷିକାର୍ଯ୍ୟ ଛାଡ଼ି ସହରାଭିମୁଖୀ ହୋଇଥାନ୍ତି । ଆଉ ମଧ୍ୟ ଓଡ଼ିଶା ସରକାରଙ୍କ ଦ୍ୱାରା ୧ଟଙ୍କାରେ ୧୦ କେଜି ଚାଉଳ ପ୍ରଦାନ କରାଯାଉ ଥିବାରୁ ଦୈନିକ ଖାଇବା ଚଳିଯାଏ । ତେଣୁ କୃଷକ ମନରେ ଚାଷ କରିବା ପାଇଁ ଆଗ୍ରହ କମିଯାଏ ।

ଅନ୍ୟ ପକ୍ଷରେ କୃଷକମାନେ ଚାଷ କାର୍ଯ୍ୟରେ ଜୈବିକ ଖତ, ଜୈବିକ ସାର ଏବଂ ଜୈବିକ କୀଟନାଶକ ପ୍ରୟୋଗ କରନ୍ତି ନାହିଁ । ଅଧିକ ଅମଳ ପାଇଁ ରାସାୟନିକ ସାର ଔଷଧ ପ୍ରୟୋଗ କରିଥାଆନ୍ତି । ଯାହା ଉପରେ ସେମାନଙ୍କର କୌଣସି ଜ୍ଞାନ ନଥାଏ । ଏହାଦ୍ୱାରା ଅଧିକ ଅମଳ ହୋଇଥାଏ । କିନ୍ତୁ ବହୁତ ପରିମାଣରେ ମୃତ୍ତିକା ଏହାର ଉତ୍ପାଦନର କ୍ଷମତା ହରାଇ ଥାଏ ଏବଂ ପରିବେଶ ପ୍ରଦୂଷଣ ହୋଇଥାଏ । ଆଗାମୀ ବର୍ଷ ମାନଙ୍କର ଅମଳର ପରିମାଣ ହ୍ରାସ ପାଇଥାଏ । ଏଥିଯୋଗୁଁ ଭାଗଚାଷିମାନେ ଭାଗଚାଷ ଛାଡ଼ି ଦେଇଥାନ୍ତି । ଏଣୁ ଜମି ମାଲିକଙ୍କୁ କ୍ଷତି ସହିବାକୁ ପଡ଼େ ଓ ଜମିର ରକ୍ଷଣାବେକ୍ଷଣା ଅଭାବରୁ ଜମି ନଷ୍ଟ ହୋଇଯାଏ ।

ଆମେ ଜାଣିଛେ କୃଷକମାନେ ସାଧାରଣତଃ ପରିବେଶ ଉପରେ ନିର୍ଭର କରିଥାନ୍ତି । କିନ୍ତୁ ଏହା ସ୍ଥିର ନୁହେଁ ମାତ୍ର ଦିନକୁ ଦିନ ପରିବର୍ତ୍ତନ ହୋଇଥାଏ । ଏଣୁ ଆମେ ଏହାକୁ ରୋକିପାରିବା ନାହିଁ । ତେଣୁ କେତେକ କୃଷକ ମତରେ କୃଷିକାର୍ଯ୍ୟ ହେଉଛି ଭାଗ୍ୟ ଓ କଠିନ ପରିଶ୍ରମ ଉପରେ ନିର୍ଭରଶୀଳ । ଏଣୁ କୃଷିକାର୍ଯ୍ୟରେ ବାରମ୍ବାର କ୍ଷତି ହେବାରୁ କୃଷକମାନେ ଆତ୍ମହତ୍ୟା କରିଥାନ୍ତି ଏହି ସବୁ ସମସ୍ୟା ଗୁଡ଼ିକରୁ ଦୂରେଇ ରହିବା ପାଇଁ କୃଷକମାନଙ୍କୁ କୃଷି ବିଜ୍ଞାନର ପ୍ରଶିକ୍ଷଣ କରିବା ନିତ୍ୟାନ୍ତ ଜରୁରୀ । ଯଦି ସେମାନେ ପ୍ରଶିକ୍ଷଣ ନେଇ ଉନ୍ନତ ଜ୍ଞାନ କୌଶଳ ପ୍ରୟୋଗ କରି କୃଷିକାର୍ଯ୍ୟ ସମ୍ପାଦନ କରନ୍ତେ ଉତ୍ପାଦନ ବୃଦ୍ଧି ପାଇବ ।

ଆଧୁନିକ ପୃଥିବୀରେ ଗୋଟିଏ ଆଶ୍ଚର୍ଯ୍ୟ କଥା ସମସ୍ତେ ଭଲ ଖାଇବାକୁ ଚାହାନ୍ତି କିନ୍ତୁ ଉତ୍ପାଦନ କରିବାକୁ ନୁହେଁ । ସମସ୍ତେ ଭଲରେ ରହି ଚାକିରି କରିବାକୁ ଚାହାନ୍ତି କିନ୍ତୁ ଜଣେବି କେହି ଭଲ କୃଷକ ହେବାକୁ ଚାହାଁନ୍ତି ନାହିଁ । ଏବେ ପ୍ରଶ୍ନ ଉଠୁଚି- ଉତ୍ପାଦନ କରିବ କିଏ ? ଖାଦ୍ୟ ଆସିବ କେଉଁଠାରୁ । ତେଣୁ କୃଷକମାନଙ୍କୁ ଉପଯୁକ୍ତ ତାଲିମ୍ ପ୍ରାପ୍ତ କରାଯିବା ଦରକାର । ଏହାଦ୍ୱାରା କୃଷକମାନଙ୍କ ରୋଜଗାର ଏବଂ ଭବିଷ୍ୟତରେ କୃଷି ଏକ ମୁଖ୍ୟ ବୃତ୍ତି ହୋଇ ପାରିବ ।



**କୃଷକ ପାଠ୍ୟକ୍ରମ :**

୧. ପରିବେଶ ଅନୁଯାୟୀ ଶସ୍ୟ ଚିହ୍ନଟ କରିବା
୨. ନୂତନ ଜ୍ଞାନ କୌଶଳର ପ୍ରୟୋଗ
୩. ମିଶ୍ରିତ କୃଷି
୪. ଅଧିକ ଅମଳ କରିପାରୁଥିବା ବିହନ
୫. ନୂତନ ଯନ୍ତ୍ରପାତିର ପ୍ରୟୋଗ
୬. ବିଭିନ୍ନ ପନିପରିବା ଋତୁ ଅନୁସାରେ ଓ ବଜାର ଚାହିଦାରେ ଚାଷ କରିବା

ଜମିଟି ସାଧାରଣତଃ ହିଡ଼ ଦ୍ୱାରା ଭାଗ ଭାଗ ହୋଇଥାଏ । ତେଣୁ ଅଧିକ ଟଙ୍କା ନିବେଶ ହୋଇଥାଏ । ଯଦି ପାଖାପାଖି ଜମି ଥିବା କୃଷକ ନିଜସ୍ୱ ବୁଝାମଣାରେ ହିଡ଼ ଉଠାଇ ଜମିକୁ ଏକତ୍ର କରି ଚାଷ କରନ୍ତେ ଜଳସେଚନର ସୁବିଧା ସହ ଅମଳ ହୁଅନ୍ତା ।

ଯଦି କେତେକ କୃଷକ ଏକାଠି ହୋଇ ଗୋଟେ ଛୋଟ ଫାର୍ମ ଗଠନ କରି ସେମାନଙ୍କର ମିଳିତ ପ୍ରୟାସରେ ସେଠାରେ ଜୈବିକ ସାର, କମ୍ପୋଷ୍ଟ ଏବଂ ଏଫ୍.ଓ୍ୱାଇ.ଏମ୍. ଉତ୍ପାଦନ କରିପାରନ୍ତେ । ଏହା ସେମାନଙ୍କ ପାଇଁ ଅଧିକ ରୋଜଗାର ଦେଇ ପାରିବ । ଏଥିପାଇଁ କୃଷି ବିଜ୍ଞାନ ଶିକ୍ଷା ନିତ୍ୟାନ୍ତ ଆବଶ୍ୟକ ।

ଶ୍ୟାମଳ ସୁବର୍ଣ୍ଣ ବ୍ୟୁରୋ
(ସହାୟତା- ବିଜ୍ଞାନ)

# ଲାଭଦାୟକ ଫସଲ ବାଇଗଣ



ବାଇଗଣ ଏକ ମୁଖ୍ୟ ପରିବା ଭାବେ ବେଶ ଆଦୃତ । ପ୍ରତି ଓଡ଼ିଆଙ୍କ ପରିବା ଡାଲାରେ ଏକ ନିୟମିତ ପରିବା ଭାବେ ପରିଚିତ ମଧ୍ୟ । ଭୋର ପହନ୍ତାରୁ ଚୁଲିମୁଲେ ପୋଡ଼ା ବାଇଗଣ ସାଙ୍ଗକୁ ପଖାଳ ଭାତ ବେଶ୍ ଜମେ । ତେବେ ଧଳା ବାଇଗଣରେ ଔଷଧୀୟ ଗୁଣ ତଥା ଫାଇବର, ମିନେରାଲ ରହିଥିବା ହେତୁ ଡ଼ାୟାବେଟିକ ରୋଗୀ , ଗର୍ଭବତୀ ମହିଳା ଏବଂ ବ୍ଲଡ୍ ପ୍ରେସର୍ ରୋଗୀମାନେ ଏହାକୁ ଅଧିକ ଖାଇଥାନ୍ତି । ଆଜିକାଲି ବଜାରରେ ବାଇଗଣର ବେଶ ଚାହିଦା ମଧ୍ୟ ରହିଛି ଏଣୁ ଜଳ ସେଚନ ସୁବିଧା ଥିବା ଢିପ ଜମିରେ ଧାନ ପରିବର୍ତ୍ତେ ବାଇଗଣ ଚାଷ କଲେ ଚାଷୀ ଭାଇମାନେ ଅଧିକ ଲାଭ ପାଇପାରିବେ ।

ସର୍ବ ପ୍ରଥମେ ଚାଷୀ ଭାଇ ମାନଙ୍କୁ ଧ୍ୟାନ ଦେବା ଦରକାର ଯେଉଁ ସମୟରେ ସାଧାରଣତଃ ବାଇଗଣ ବେଶି ଫଳି ଥାଏ ଠିକ୍ ସେହି ସମୟରେ ଦାମ୍ କମ୍ ହୁଏ ଏଣୁ ଅଧିକ ପରିମାଣରେ ଚାଷ କରୁଥିଲେ ସର୍ବଦା ବଜାର ଚାହିଦା ଏବଂ ଖାଉଟି ଦରଦାମ୍ ଉପେରେ ବିଶେଷ ନଜର ରଖି ଚାଷ କରିବାକୁ ପଡ଼ିବ। ଧଳା ବାଇଗଣର ଔଷଧୀୟ ଗୁଣ ରହିଥିବା ହେତୁ ବଜାରରେ ଅନ୍ୟ ବାଇଗଣଠୁ ଏହାର ଅଧିକ ଚାହିଦା ଦେଖାଯାଏ ସେଇପରି ଭାବେ କଣ୍ଟା ବାଇଗଣର ମଧ୍ୟ ବିଶେଷ ଚାହିଦା ରହିଛି । ତେବେ ବାଇଗଣ ଅମଳର ପରିମାଣ ସଠିକ୍ ବିହନ ଚୟନ ଏବଂ ଖାଦ୍ୟ ସାର ପରିଚାଳନା ଉପରେ ନିର୍ଭରକରେ ଏଣୁ ସର୍ବଦା ସଠିକ୍ ବିହନ ଏବଂ ସମନ୍ୱିତ ଖାଦ୍ୟ ସାର ପରିଚାଳନା କଲେ ଚାଷୀ ଭାଇମାନେ କମ୍ ଖର୍ଚ୍ଚ ରେ ଅଧିକ ଲାଭ ପାଇପାରିବେ।

**୧. ସଠିକ୍ ବିହନ ଚୟନ**

ଗାଁ ଗହଳି ରେ ଚାଷୀ ସାଧାରଣତଃ ନିକଟସ୍ଥ ଦୋକାନରେ ଉପଲବ୍ଧ ହେଉଥିବା ବିହନ ଉପରେ ନିର୍ଭର କରିଥାନ୍ତି ଏବଂ ଗାଁ ଦୋକାନୀ ନିଜକୁ ସୁହାଇଲା ଭଳି ବିହନ ମଧ୍ୟ ରଖିଥାଏ ଫଳରେ ଚାଷୀ ଉନ୍ନତ ବିହନ ପାଇପାରେ ନାହିଁ । ଏଣୁ ସବୁବେଳେ ଉନ୍ନତ ଏବଂ ରୋଗ ପ୍ରତରୋଧକ ଶକ୍ତି ଥିବା ବିହନ ଚୟନ କରିବା ଅବଶ୍ୟକ । ଓଡ଼ିଶା ଜଳବାୟୁ ପାଇଁ ଓୟୁଏଟି ଭୁବନେଶ୍ୱରରୁ କେତେକ ଉନ୍ନତ କିସମର ବିଜାଣୁ ଜନିତ ଝାଉଁଳା ରୋଗ ପ୍ରତିରୋଧ ବିହନ ଉତ୍ପାଦନ କରାଯାଇଛି ସେ ଗୁଡିକ ହେଲା ଉତ୍କଳ ତାରିଣି,ଉତ୍କଳ କେଶରୀ , ଉତ୍କଳ ମାଧୁରୀ ଏବଂ ଅନ୍ୟ ପ୍ରଜାତିର କିସମ ଯଥା ପୁଷା କ୍ରାନ୍ତି , ପୁଷା ପର୍ପଲ୍ ଲଙ୍ଗ, ପୁଷା କ୍ଲଷ୍ଟର ଆଦି କିସମର ବିହନ ଓଡ଼ିଶା ଜଳବାୟୁ ପାଇଁ ଉପଯୁକ୍ତ । ଶଙ୍କର ବା ହାଇବ୍ରିଡ୍ ଜାତୀୟ ମଧ୍ୟରେ ଯେ କେ ୮୦୩୧ ଅଧିକ ଅମଳ ଦେଇଥାଏ ।

**୨. ତଳି ପ୍ରସ୍ତୁତି**

ସାଧାରଣତଃ ନିଗିଡା ଦୋରସା ମାଟି ବାଇଗଣ ଚାଷ ପାଇଁ ପ୍ରସ୍ତୁତ ଏଣୁ ପାଣି ସୁବିଧାଥିବା ଉଚ୍ଚ ନିଗିଡା ଜମିରେ ତଳି ପକାଯାଏ । ବିଲକୁ ଭଲ ଭାବେ ଚାଷକରି ଅନାବନା ଘାସ ବାଚ୍ଛି ୩ ରୁ ୪ ଫୁଟ ଚଉଡ଼ା ଏବଂ ୧୦ ଫୁଟ ଲମ୍ବାର ଏକ ୧୦ ରୁ ୨୦ ସେମି ଉଚ୍ଚ ପଟି ପ୍ରସ୍ତୁତ କରନ୍ତୁ । ଉଚ୍ଚହେବାଦ୍ୱାରା ଜଳ ନିଷ୍କାସନ ଓ ତଳିଘର କଟା ରୋଗ କମ୍ ହୋଇଥାଏ । ତଳିପଟି ଗୁଡ଼ିକ ମଧ୍ୟରେ ୧.୫ ଫୁଟର ଏକ ରାସ୍ତା ଯିବା ଆସିବା ପାଇଁ ଛାଡନ୍ତୁ । ପ୍ରତ୍ୟେକ ତଳିପଟିରେ ୪ ରୁ ୫ ଝୁଡି ଗୋବର ଖତ ସହିତ ୭୫ ଗ୍ରାମ ୟୁରୀୟା,୧୦୦ ଗ୍ରାମ ସୁପର ଓ ୨୫ ଗ୍ରାମ ପଟାସକୁ ଭଲ ଭାବେ ମିଶେଇ ଏକ ସମତୁଲ ତଳି ପଟି ପ୍ରସ୍ତୁତ କରନ୍ତୁ । ମି ବୁଣିବାର ୩ ରୁ ୫ ଦିନ ପୂର୍ବରୁ ତଳି ପଟି ପ୍ରସ୍ତୁତ କରିବ ଆବଶ୍ୟକ । ପିମ୍ପୁଡ଼ି କିମ୍ବା ଅନାନ୍ୟ ଉଇ ଦେଖା ଦେଲେ ତାକୁ ତୁରନ୍ତ ନଷ୍ଟ କରିବା ଆବଶ୍ୟକ ଅଟେ । ଏକ ଏକର ଜମି ପାଇଁ ସାଧାରଣତଃ ୨୦୦ ରୁ ୨୫୦ ଗ୍ରାମର ମଞ୍ଜି ଓ ୯ ଟି ତଳି ପଟି ଆବଶ୍ୟକ ହୋଇଥାଏ , ମଞ୍ଜି ବୁଣିବା ପୂର୍ବରୁ ସେଗୁଡ଼ିକୁ ୧ ଗ୍ରାମ ଥିରାମ ରେ ଭଲ ଭାବେ ବିଶୋଧନ କରି ଅଧ ଇଞ୍ଚ ଗଭୀରରେ ଧାଡ଼ି ଧାଡ଼ି କରି ବୁଣାଯାଏ। ଶୀଘ୍ର ଗଜା ବାହାରିବା ପାଇଁ ତଳି ପଟିକୁ ପାଳ ବା ନଡ଼ା ରେ ଆଚ୍ଛାଦିତ କରି ପାଣି ଛିଞ୍ଚନ କରାଯାଏ । ୪ ରୁ ୫ ଦିନ ପରେ ଗଜା ବାହାରେ ଏହାପରେ ପାଳ କୁ କାଢି ଦେବା ଦରକାର ଏବଂ ନିୟମିତ ଭାବେ ଯତ୍ନ ନେଲାପରେ ପ୍ରାୟ ୨୦ ରୁ ୨୫ ଦିନ ମଧ୍ୟରେ ତଳି ଗୁଡ଼ିକ ରୋଇବା ପାଇଁ ଉପଯୁକ୍ତ ହୋଇଥାନ୍ତି ।

**୩. ଜମି ପ୍ରସ୍ତୁତି**

ଏକର ପିଛା ଜମିରେ ୬ ରୁ ୮ ଗାଡ଼ି ଖତ ଦେଇ ଭଲ ଭାବରେ ଦୁଇ ଓଡ ହଳ କରି, ମଇ ସାହାଯ୍ୟରେ ମାଟିକୁ ଗୁଣ୍ଡ କରି ସମତୁଲ କରନ୍ତୁ । ତତ୍ ସହିତ ୧୦ କିଗ୍ରା



ଯବକ୍ଷାରଜାନ ,୨୦ କିଗ୍ରା ଫସଫରସ ଏବଂ ୬ କିଗ୍ରା ପୋଟାସ୍ ସାର ଦେଇ କୁ ଧାଡ଼ି ୬୦ ସେମି ଏବଂ ଗଛକୁ ଗଛ ୪୫ ସେମି ଦୂରତା ମଧ୍ୟରେ ଚାରା ରୋପଣ କରି ପାଣି ଦିଅନ୍ତୁ । ୨୦ ରୁ ୨୫ ଦିନ ପରେ ଅନାବନା ଘାସ ବାଛି କୋଡ଼ାଖସା କରି ଏକର ପିଛା ୨୦ କିଗ୍ରା ଯବକ୍ଷାରଜାନ ଏବଂ ୧୨ କିଗ୍ରା ପଟାସ ସାର ଦେଇ ମାଟି ଟେକି ଦିଅନ୍ତୁ । ଏବଂ ୫ ରୁ ୭ ଦିନ ବ୍ୟବଧାନରେ ଜଳବାୟୁକୁ ଦେଖି ପାଣି ମଡ଼ାନ୍ତୁ । ସେହିପରି ୪୦ ରୁ ୪୫ ଦିନ ହେଲା ପରେ ପୁଣିଥରେ ଏକର ପିଛା ୨୦ କିଗ୍ରା ଯବକ୍ଷାରଜାନ ଏବଂ ୧୨ କିଗ୍ରା ପଟାସ ସାର ଦେଇ ମାଟି ଟେକି ଦିଅନ୍ତୁ । ସାର ସବୁବେଳେ ଗଛ ଠାରୁ ୨ ରୁ ୩ ଇଞ୍ଚ ଛାଡ଼ି ପ୍ରୟୋଗ କରିବା ଉଚିତ ।

**୪.ଅମଳ**

ତଳି ରୋଇବାର ପ୍ରାୟ ୬୦ ଦିନ ପରେ ଗଛରେ ଫୁଲ ଧରିଥାଏ ଏବଂ ଏକର ପିଛା ପ୍ରାୟ ୯୦ ରୁ ୧୧୦ କ୍ୱିଣ୍ଟାଲ ଅମଳ ହୋଇଥାଏ ।

**ମୁଖ୍ୟ ରୋଗ ଓ ପୋକ**

ବାଇଗଣରେ ମୁଖ୍ୟତଃ କାଣ୍ଡ ବିନ୍ଧା ଓ ଫଳବିନ୍ଧା ପୋକ ବେଶୀ କ୍ଷତି କରିଥାନ୍ତି । ଏହି ପୋକରୁ ରକ୍ଷା ପାଇବା ପାଇଁ ପ୍ରତି ଗଛ ପିଛା ୫୦ ଗ୍ରାମ ଲିମ୍ବ ପିଡ଼ିଆ ଏବଂ ଏକର ପ୍ରତି ୫ ଲି ଲିମ୍ବତେଲ ସ୍ପ୍ରେ କରିବା ସହିତ ପ୍ରତି ୧୦ ଧାଡ଼ିରେ ଗୋଟେ ଲେଖେ ଫେରୋମନ ଟ୍ରାପ୍ ଲଗାଇ ପୋକର ପ୍ରାଦୃଭାବ କମାଇ ପାରିବା । ଅଧିକ ପରିମାଣରେ ଦେଖା ଦେଲେ ବଜାରରେ ମିଳୁଥିବା ଇମାକ୍ଟିନ ବେଞ୍ଜୋ ଏଟ୍ କିମ୍ବା ଥିଓଡିକାର୍ବ କୀଟନାଶକ ୧ ଲିଟର ପାଣିରେ ୧ ଗ୍ରାମ ମିଶାଇ ଛିଞ୍ଚନ କଲେ ପୋକର ପ୍ରାଦୃଭାବ କମ୍ ହୋଇଥାଏ ।

ସେଇଭଳି ମୁଖ୍ୟ ରୋଗ ଭାବେ ଝାଉଁଳା ରୋଗ ବେଶୀ କ୍ଷତି କରେ - ଏହି ରୋଗ ବ୍ୟାକ୍ଟେରିଆ କିମ୍ବା ସୂତ କୃମି ଦ୍ୱାରା ହୋଇଥାଏ ଏଣୁ ପ୍ରଥମେ ଚେର କୁ ଅନୁଧ୍ୟାନ କରି ଏହା କେଉଁ ଦ୍ୱାରା ହୋଇଛି ତାହା ଚୟନ କରିବା ଆବଶ୍ୟକ।

୧.ମୂଳରେ ଫିମ୍ପି ଲାଗିଥିଲେ ଏହା ଫିମ୍ପି ଜନିତ ଝାଉଁଳା ରୋଗ :- ପ୍ରତି ୨ ଗ୍ରା ବାଭିଷ୍ଟିନ କିମ୍ବା ୧.୫ ଗ୍ରା ଟେବୁକୋନାଜଲ ୧ ଲି ପାଣିରେ ମିଶାଇ ଛିଞ୍ଚନ କରିବା

୨.ମୂଳରେ ଛୋଟ ଛୋଟ ଗଣ୍ଠି ଥିଲେ ଏହା ସୁତ୍ରକୃମି ଜନିତ ଝାଉଁଳା ରୋଗ :-ଦାନାଦାର କିମ୍ବା ଫୁରାଡନ୍ ଗୁଣ୍ଡ ମୂଳରେ ପକାନ୍ତୁ । ଚାଷ ଆରମ୍ଭରୁ ଗେଣ୍ଡୁ ଫୁଲ ପ୍ରତି ଧାଡ଼ିରେ ରୋପୋଣ କଲେ ଏହା ଏକ ଜନ୍ତା ଫସଲ ଭାବେ କାର୍ଯ୍ୟ କରିବା

୩. ବ୍ୟାକ୍ଟେରିଆ ଜନିତ ଝାଉଁଳା ରୋଗ ହୋଇଥିଲେ :- ପ୍ଲାଣ୍ଟମାଇସିନ ୧ ଗ୍ରା ପ୍ରତି ଲିଟର ଜଳରେ କିମ୍ବା ଷ୍ଟେପଟ୍ରେମାଇସିନ୍ ୨ ଗ୍ରା ପ୍ରତି ୧୦ ଲି ଜଳରେ ମିଶ୍ରଣ କରି ଗଛ ମୂଳରେ ଭଲ ଭାବେ ମାଟି ଓଦା ହେଲା ଭଳି ଛିଞ୍ଚନ କରନ୍ତୁ ।

ବିଜ୍ଞାନ ରଞ୍ଜନ ସାହୁ
ଓୟୁଏଟି,ଭୁବନେଶ୍ୱର
ମୋ ୯୫୫୬୨୫୯୯୧୯




# ଯୁଦ୍ଧାୟ କୃତନିଶ୍ଚୟ...



୨୦୦୩ ମସିହା ଅକ୍ଟୋବର ୩୧ ତାରିଖରେ ଜାତିସଂଘର ଆନୁଷ୍ଠାନିକ ବୈଠକରେ ନିଷ୍ପତ୍ତି (ସଂଖ୍ୟା-୫୮/୪) ଗ୍ରହଣ କରାଗଲା ଯେ ଡ୍ରଗ୍ସ ଆଣ୍ଡ କ୍ରାଇମର ଜାତିସଙ୍ଘ କାର୍ଯ୍ୟାଳୟକୁ ଏହାର ସଚିବାଳୟରେ ପରିବର୍ତ୍ତିତ କରାଯିବ। ଦୁର୍ନୀତି ପ୍ରତି ସଚେତନତା ସୃଷ୍ଟି ଏବଂ ଏହାର ମୁକାବିଲା ଓ ପ୍ରତିରୋଧ କରିବାରେ ଜାତିସଙ୍ଘର ଭୂମିକା ବିଷୟରେ ଅବଗତ କରାଇବା ପାଇଁ ୯ ଡିସେମ୍ବରକୁ ଅନ୍ତର୍ଜାତୀୟ ଦୁର୍ନୀତି ବିରୋଧୀ ଦିବସ ଭାବେ ଘୋଷଣା କରାଗଲା। ଡିସେମ୍ବର ୨୦୦୫ରେ ଏହା କାର୍ଯ୍ୟକାରୀ ହେଲା। ଦୁର୍ନୀତି ଏକ ଜଟିଳ ସାମାଜିକ, ରାଜନୈତିକ ଓ ଅର୍ଥନୈତିକ ବ୍ୟାଧି, ଯାହା ସମଗ୍ର ବିଶ୍ୱକୁ କବଳିତ କରିଛି। ଗଣତାନ୍ତ୍ରିକ ସଂସ୍ଥାଗୁଡ଼ିକର ଭିତ୍ତିଭୂମିକୁ ଦୁର୍ବଳ କରିବା ସହ ଅର୍ଥନୈତିକ ବିକାଶକୁ ଏହା ମନ୍ଥର କରିଚାଲିଛି। ସରକାରୀ ଅସ୍ଥିରତାର କାରକ ସାଜିଛି ଭ୍ରଷ୍ଟାଚାର। ନିର୍ବାଚନ ପ୍ରକ୍ରିୟାକୁ ବିକୃତ କରି ଗଣତାନ୍ତ୍ରିକ ସଂସ୍ଥାଗୁଡ଼ିକର ମୂଳଦୁଆକୁ ଆକ୍ରମଣ କରିଚାଲିଛି। ଆଇନ କାନୁନ ଉଲ୍ଲଂଘନ କରିବା ସହ ଅମଲାତନ୍ତ୍ର ସମ୍ବନ୍ଧୀୟ ବିପଜ୍ଜନକ ପରିସ୍ଥିତି ସୃଷ୍ଟି କରୁଛି। ଏସବୁ ତିଷ୍ଠିବାର ଏକମାତ୍ର କାରଣ ହେଉଛି ଲାଞ୍ଚ। ବିଦେଶୀ ପ୍ରତ୍ୟକ୍ଷ ନିବେଶ ହତୋତ୍ସାହିତ କରାଯିବାରୁ ଅର୍ଥନୈତିକ ବିକାଶ ହୋଇପାରୁନାହିଁ। ଦୁର୍ନୀତି ଯୋଗୁଁ ବ୍ୟବସାୟ ଆରମ୍ଭ ପାଇଁ ଆବଶ୍ୟକ ଅର୍ଥ ମିଳିପାରୁନାହିଁ, ଯାହାଦ୍ୱାରା ଦେଶରେ କ୍ଷୁଦ୍ର ବ୍ୟବସାୟ ଅଧିକାଂଶ ସମୟରେ ଅସମ୍ଭବ ହେଉଛି। ଭାରତୀୟ ଗଣତାନ୍ତ୍ରିକ ଓ ପ୍ରଶାସନିକ କ୍ଷେତ୍ରକୁ ଦେଖିଲେ ଜଣାଯାଏ ଯେ ବିଶ୍ୱର ସର୍ବବୃହତ୍ ଗଣତନ୍ତ୍ର ରାଷ୍ଟ୍ରର ମାନ୍ୟତା ପାଇଥିବା ଭାରତରେ ଦୁର୍ନୀତିର ମୂଳୋତ୍ପାଟନ ପାଇଁ ସବୁକ୍ଷେତ୍ରରେ ଭୂମିକା ଗ୍ରହଣ କରାଯାଉଛି। ତଥାପି ଆଜି ସମାଜର ସବୁଠି ଓ ସବୁକ୍ଷେତ୍ରରେ ଏହାର କାୟା ବଢ଼ିବାରେ ଲାଗିଛି। ଏପରି ଏକ ସମୟ ପହଞ୍ଚିଲାଣି ବିନା ଦୁର୍ନୀତିରେ, ପ୍ରିୟାପ୍ରୀତିରେ ସତେ ଯେପରି ଖଣ୍ଡିଏ କାଗଜ ବି ସରକାରଙ୍କ ଦପ୍ତର ଠାରୁ ବେସରକାର ଦପ୍ତରରେ ମଧ୍ୟ ଉଠି ନଥିବାର ଅଭିଯୋଗ ହୁଏ। ଶିକ୍ଷା, ସ୍ୱାସ୍ଥ୍ୟସେବା, ଗମନାଗମନ, ଯୋଗାଯୋଗ, ପ୍ରଯୁକ୍ତି ଠାରୁ ସବୁ କ୍ଷେତ୍ରରେ ଦୁର୍ନୀତିର ବିଭିନ୍ନ ରୂପ ଅନେକ ସମୟରେ ଦେଖାଯାଏ ଯାହାକୁ ନେଇ ଗଣମାଧ୍ୟମରେ ବିସ୍ତୃତ ଖବର ପ୍ରକାଶ ପାଏ। ଜଣେ ରାଜନେତା ଏକଦା ପରିହାସ ଛଳରେ କହିଥିଲେ ଯେ 'ଦୁର୍ନୀତିକୁ ନୀତି କରିଦେଲେ ଆଉ କିଛି ଅସୁବିଧା ରହିବ ନାହିଁ।' ଦୁର୍ନୀତି ଅର୍ଥ ନୀତିଠାରୁ ଦୂର। ନ୍ୟାୟ ଓ ଧର୍ମର ବିରୋଧୀ ଅନ୍ୟାୟ ନୀତି, ଅସତ୍ ଆଚରଣ ବା ଅସତ୍ କର୍ମକୁ ଦୁର୍ନୀତି କୁହାଯାଏ।

ଜାତି, ଧର୍ମ, ବର୍ଣ୍ଣ, ବିଦ୍ୟା ଓ ସଭ୍ୟତା ନିର୍ବିଶେଷରେ ଉପର ଠାରୁ ତଳ ପର୍ଯ୍ୟନ୍ତ ଏହି ଦୁର୍ନୀତିର ଚେର ବ୍ୟାପିଯାଇଛି ଓ ସମାଜକୁ ପଙ୍ଗୁ କରିଦେଇଛି। ନୀତି ବିହୀନ ମନୁଷ୍ୟ ପଶୁ ସହିତ ସମାନ। ଏହି ପାଶବିକ ପ୍ରବୃତ୍ତି ମଧ୍ୟରେ ମନୁଷ୍ୟର ଦୁର୍ବଳତା, କାମ, କ୍ରୋଧ, ମଦ, ଲୋଭ, ମାତ୍ସର୍ଯ୍ୟ ଓ ଅହଂକାର ଇତ୍ୟାଦି ଲୁଚି ରହିଛି। ତେଣୁ ଏହି ପ୍ରବୃତ୍ତି ବା ଭ୍ରଷ୍ଟାଚାରମୁକ୍ତ ସମାଜ ଗଠନ ପାଇଁ ଯୁଗପୁରୁଷୋତ୍ତମ ଭଗବାନ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ମାନବ ସମାଜକୁ ଆହ୍ୱାନ ଦେଇ କହିଲେ - ଅର୍ଥ, ମାନ, ଯଶ ଇତ୍ୟାଦି ପାଇବା ଆଶାରେ ମୋତେ ଠାକୁର ସଜାଇ ଭକ୍ତ ହୁଅନାହିଁ, ସାବଧାନ ହୁଅ - ଠକି ଯିବ; ତୁମର ଠାକୁରତ୍ୱ ଜାଗ୍ରତ ନ ହେଲେ କେହି ତୁମର କେନ୍ଦ୍ର ନୁହଁନ୍ତି, ଠାକୁର ବି ନୁହଁନ୍ତି - ଫାଙ୍କି ଦେଲେ ତାହା ହିଁ ପାଇବ। ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ସମସ୍ତଙ୍କୁ ସତର୍କ କରି କହିଛନ୍ତି- ସବୁ ସମୟ ସ୍ମରଣ ରଖ, ସଜାଗ ରୁହ ସତର୍କତାର ସହିତ, କାହାର ଅକୃତଜ୍ଞତା, ବିଶ୍ୱାସଘାତକତା, ଚୌର୍ଯ୍ୟପ୍ରବୃତ୍ତି, ଦାୟିତ୍ୱହୀନତା ଓ ସେବା ବିମୁଖତାକୁ ପ୍ରଶୟ ଦିଅନାହିଁ। ଏହା ହେଉଛି ସତ୍ତା ସମ୍ବର୍ଦ୍ଧନାର ସର୍ବନାଶ ବିଷାକ୍ତ ପ୍ରବୃତ୍ତି। ଏହି ଦୁର୍ନୀତିରେ ବୁଡ଼ି ବୁଡ଼ି ମନୁଷ୍ୟ ସୁନୀତିକୁ ଭୁଲିଯାଇଛି। ବଦ୍ ଅଭ୍ୟାସରେ ରହି ସତ୍ ଅଭ୍ୟାସକୁ ଭୁଲି ଯାଇଛି, ଏହି ଦୁର୍ନୀତିକୁ ପ୍ରତିରୋଧ କରିବା ପାଇଁ ସଂଗ୍ରାମର ଆବଶ୍ୟକତା ରହିଛି। ଯେଉଁମାନେ ନିରୋଧ କରିବେ ସେମାନେ ହେବେ ବୀର ପୁରୁଷ। ପ୍ରରମପ୍ରେମମୟ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର ଅତ୍ୟନ୍ତ ଆବେଗପୂର୍ଣ୍ଣ ଭାବରେ କହିଛନ୍ତି - ଚୋରି କରନାହିଁ; ଚାହିଦାରେ ଘୃଷ୍ଟ ବୁଦ୍ଧିବୃତ୍ତି କାହାକୁ ମଧ ଉଦ୍‌ବୃତ୍ତ ନକରି ଅନ୍ୟାଯ୍ୟଭାବରେ, ଅଜ୍ଞାତସାରରେ ପରିପୂରିତ ହେବାକୁ ଚାହେଁ - ତାହା ହିଁ ଚୌର୍ଯ୍ୟ; ଚୌର୍ଯ୍ୟରେ ବୁଦ୍ଧିବୃତ୍ତି ଦିନୁ ଦିନ ଅନ୍ୟର କ୍ଷତିକରି ଅପକର୍ଷ ପ୍ରତି ଧାବିତ ହୁଏ ବୋଲି ଅର୍ଥାତ୍, କରିବା ଭିତର ଦେଇ ଯେପରି ଭାବରେ ଚାହିଦାକୁ ପୂରଣ କଲେ ବୋଧ ଓ ଜ୍ଞାନର ଉନ୍ମେଷରେ ତାହା ମିଳିଯାଏ - ତାହା ହିଁ ଚୌର୍ଯ୍ୟରେ ଆହତ ଓ ଅବସନ୍ନ ହୋଇ ଅଧର୍ମକୁ ଆଲିଙ୍ଗନ କରେ ବୋଲି ଏତେ ଘୃଣ୍ୟ, ଏତେ ପାପ, ଏତେ ହୀନତା - ତେଣୁ କୁହେ, ଏହି ଚୌର୍ଯ୍ୟ ବୁଦ୍ଧିକୁ ପ୍ରଶ୍ରୟ ଦେଇ ତୁମର ଓ ତୁମ ପାରିପାର୍ଶ୍ୱିକର ସର୍ବନାଶ କରନା, ସାବଧାନ ହୁଅ। ଏହି ପ୍ରସଙ୍ଗରେ ପୁନର୍ବାର ଯୁଗାବତାର କଲ୍‌କୀ ବିଗ୍ରହ ଶ୍ରୀ ଶ୍ରୀ ଠାକୁର ତାଙ୍କର ସ୍ୱହସ୍ତ ଲିଖିତ ପବିତ୍ର ସତ୍ୟାନୁସରଣ ଗ୍ରନ୍ଥର ପ୍ରଥମ ପୃଷ୍ଠାରେ ଉଲ୍ଲେଖ କଲେ - ସର୍ବପ୍ରଥମ ଆତ୍ମମାନଙ୍କୁ ଦୁର୍ବଳତା ବିରୁଦ୍ଧରେ ଯୁଦ୍ଧ କରିବାକୁ ହେବ। ସାହସୀ ହେବାକୁ ହେବ, ବୀର ହେବାକୁ ହେବ। ପାପର ଜ୍ୱଳନ୍ତ ପ୍ରତିମୂର୍ତ୍ତି ଏହି ଦୁର୍ବଳତା। ତତ, ଯେତେ ଶୀଘ୍ର ପାର ଏହି ରକ୍ତଶୋଷଣକାରୀ ଅବସାଦ ଉତ୍ପାଦକ ଭେମ୍ପେୟାରକୁ (ବାଦୁଡ଼ି)। ସ୍ମରଣ କର ତୁମେ ସାହସୀ, ସ୍ମରଣ କର ତୁମେ ଶକ୍ତିର ତନୟ, ସ୍ମରଣ କର ତୁମେ ପରମପିତାଙ୍କର ସନ୍ତାନ। ଏହି ଦୁର୍ନୀତି ବିରୋଧୀ ଆତ୍ମ ସଂଶୋଧନ ଇଚ୍ଛୁକ ବୀରମାନଙ୍କୁ ଉଦ୍‌ବୋଧନ ଦେଇ ଶ୍ରୀ ଶ୍ରୀ ଠାକୁର ଅନୁକୂଳଚନ୍ଦ୍ର କହିଲେ - ସଦ୍‌ଗୁରୁଙ୍କର ଶରଣାପନ୍ନ ହୁଅ, ସତ୍‌ନାମ ମନନ କର, ଆଉ ସତ୍‌ସଙ୍ଗର ଆଶ୍ରୟ ଗ୍ରହଣ କର - ମୁଁ ନିଶ୍ଚୟ କରି କହୁଛି ତୁମକୁ ଆଉ ତୁମର ଉନ୍ନୟନ ପାଇଁ ଭାବିବାକୁ ହେବନାହିଁ। ଯଦି ତୁମର ଆଦର୍ଶର କଥା କହିଲେ ଆନନ୍ଦ, ତାଙ୍କର ଚିନ୍ତାରେ ଆନନ୍ଦ, ତାଙ୍କର ହୁକୁମ ପାଇଲେ ଆନନ୍ଦ, ତାଙ୍କର ଆଦରରେ ଆନନ୍ଦ, ଅନାଦରରେ ମଧ ଆନନ୍ଦ ହୁଏ, ତାଙ୍କ ନାମରେ ହୃଦୟ ଉଛୁଳି ଉଠେ - ମୁଁ ନିଶ୍ଚୟ କରି କହୁଛି ତୁମର ଉନ୍ନୟନ ନିମିତ୍ତ ଆଉ ଭାବିବାକୁ ହେବନାହିଁ। ଆଜି ବିଶ୍ୱ ଦୁର୍ନୀତି ନିରୋଧ ଦିବସ ଅବସରରେ ଆମ ସମସ୍ତଙ୍କ ଭିତରେ ଦୁର୍ନୀତି ବିରୋଧରେ ଚେତନାକୁ ଜାଗ୍ରତ କରିବା ସହ ଏହାକୁ କାର୍ଯ୍ୟରେ କରି ଦେଖାଇଲେ ଏହି ଦିବସର ତାତ୍ପର୍ଯ୍ୟ ଗୁରୁତ୍ୱ ରଖନ୍ତା।

**ପ୍ରଫେସର ଡାକ୍ତର ଉମେଶ ଚନ୍ଦ୍ର ପାତ୍ର**
*ଅବସରପ୍ରାପ୍ତ ବିଭାଗୀୟ ମୁଖ୍ୟ, ହେପାଟୋଲୋଜି ବିଭାଗ, ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡ଼ିକାଲ କଲେଜ, କଟକ, ଦୂରଭାଷ : ୯୪୩୭୦୫୧୯୫୭*

## ନିଲମ୍ବିତ ଏମବିକେଙ୍କୁ ପୁନଃନିଯୁକ୍ତି

ଧର୍ମଶାଳା (ପିଏନ୍): ଗତ ପଂଚାୟତ ନିର୍ବାଚନରେ ଶାସକ ଦଳର ଚାପରେ କାର୍ଯ୍ୟରୁ ନିଲମ୍ବିତ ହୋଇଥିବା ଧର୍ମଶାଳା ବ୍ଲକ କୁମାରୀ ପଂଚାୟତର ଏମବିକେ ଯାଜପୁର ଜିଲ୍ଲାପାଳଙ୍କ ଦ୍ୱାରା ପୁନଃନିଯୁକ୍ତି ନିଷ୍ପତିକୁ ପଂଚାୟତବାସୀଙ୍କ ପକ୍ଷରୁ ସ୍ୱାଗତ କରାଯାଇଛି। ସୂଚନା ଅନୁଯାୟୀ ୨୦୨୨ ପଂଚାୟତ ନିର୍ବାଚନରେ ଧର୍ମଶାଳା ବ୍ଲକ କୁମାରୀ ପଂଚାୟତର ଏମବିକେ ଝୁନୁବାଳା ଦାସ ନିର୍ବାଚନ ଅଚରଣବିଧି ଉଲଙ୍ଘନ ଅଭିଯୋଗ ଆଣି ଶାସକଦଳ ପକ୍ଷରୁ ଚାପ ପ୍ରୟୋଗ କରାଯାଇ ତାଙ୍କୁ କାର୍ଯ୍ୟରୁ ନିଲମ୍ବିତ କରାଯାଇଥିଲା। ଏହା ବିରୁଦ୍ଧରେ ଝୁନୁବାଳା ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ହାଇକୋର୍ଟ ୫୧୩୮/୨୨ରେ ଏକ କେଶ କରି ଘଟଣାର ବିଚାର କରି ଝୁନୁବାଳାଙ୍କୁ ପୁନଃନିଯୁକ୍ତି ଦେବାକୁ ଯାଜପୁର ଜିଲ୍ଲାପାଳଙ୍କୁ ନିର୍ଦ୍ଦେଶ ଦେଇଥିଲେ। ତଦନୁସାରେ ଜିଲ୍ଲାପାଳ ଚକ୍ରବର୍ତ୍ତୀ ସିଂ ରାଠୋର ପତ୍ରସଂଖ୍ୟା ୫୬୭୨ ତା.୨୮/୧୧/୨୨ରେ ଝୁନୁବାଳାଙ୍କୁ ପୁନଃ ନିଯୁକ୍ତି ଦେବା ଲାଗି ବ୍ଲକକୁ ଜଣାଇଥିଲେ। ପୁନଃନିଯୁକ୍ତି ପାଇବା ପରେ କୁମାରୀ ପଂଚାୟତର ଶତାଧିକ ମହିଳା ଏକ ଶୋଭାଯାତ୍ରାରେ ଝୁନୁବାଳାଙ୍କୁ ପଂଚାୟତ କାର୍ଯ୍ୟାଳୟ ପର୍ଯ୍ୟନ୍ତ ଆଣିଥିଲେ।

## ଅବସରପ୍ରାପ୍ତ କର୍ମଚାରୀ ସଙ୍ଘର ପ୍ରତିଷ୍ଠା ଦିବସ



ଧର୍ମଶାଳା (ପିଏନ୍): ଧର୍ମଶାଳା ଅବସରପ୍ରାପ୍ତ କର୍ମଚାରୀ ସଙ୍ଘର ୨୫ତମ ପ୍ରତିଷ୍ଠା ଦିବସ ଜାରକାସ୍ଥିତ ତ୍ରିନାଥେଶ୍ୱର ମନ୍ଦିର ପରିସରରେ ଅନୁଷ୍ଠିତ ହୋଇଯାଇଛି। ସଙ୍ଘର ସଭାପତି ଯୁଧିଷ୍ଠିର ସ୍ୱାଇଁଙ୍କ ସଭାପତିତ୍ୱରେ ଆୟୋଜିତ ସଭାରେ ବରିଷ୍ଠ ଶିଶୁ ସାହିତ୍ୟିକ ବଟକୃଷ୍ଣ ଓଝା, ଶ୍ରୀଧର ମହାପାତ୍ର ଓ ଅଭିରାମ ନନ୍ଦ ଯୋଗଦେଇ ଅବସରପ୍ରାପ୍ତ କର୍ମଚାରୀଙ୍କ ବିଭିନ୍ନ ସମସ୍ୟା ସମ୍ପର୍କରେ ଆଲୋକପାତ କରିଥିଲେ। ଏହି ଅବସରରେ ବରିଷ୍ଠ ସଭ୍ୟ ବୀରକିଶୋର ଦାସ, ବୃନ୍ଦାବନ ଦାସ, ଶୁକଦେବ ପତିଙ୍କୁ ଉପଢୌକନ ପ୍ରଦାନ କରାଯାଇ ସମ୍ବର୍ଦ୍ଧିତ କରାଯାଇଥିଲା। ପ୍ରତିଷ୍ଠାତା ସଭ୍ୟ ସୁଦର୍ଶନ ଶତପଥୀଙ୍କୁ ମରଣୋତର ସମ୍ମାନ ତାଙ୍କ ପୁତ୍ରଙ୍କୁ ପ୍ରଦାନ କରାଯାଇଥିଲା। ଏହି ସଭାରେ ସହସମ୍ପାଦକ ଆଦିକନ୍ଦ ସ୍ୱାଇଁ ବିବରଣୀ ପାଠ କରିଥିବା ବେଳେ ସମ୍ପାଦକ ବିବେକାନନ୍ଦ ନାୟକ ସ୍ୱାଗତ ଜଣାଇ ବିଭିନ୍ନ ସମସ୍ୟା ସମ୍ପର୍କରେ ଆଲୋକପାତ କରିଥିଲେ। ଆସନ୍ତା ଫେବୃଆରୀ ୫ ତାରିଖରେ ସଙ୍ଘର ବାର୍ଷିକ ଉତ୍ସବ ଅନୁଷ୍ଠିତ ହେବାପାଇଁ ସ୍ଥିର କରାଯାଇଥିଲା। ଏହି ଉତ୍ସବରେ ଯାଜପୁର ସାଂସଦ ଓ ସ୍ଥାନୀୟ ବିଧାୟକ ଯୋଗଦେବା ପାଇଁ ସ୍ଥିର କରାଯାଇଛି। ଶେଷରେ ବ୍ରଜ କିଶୋର ଦାଶ ଧନ୍ୟବାଦ ଅର୍ପଣ କରିଥିଲେ।

## ପ୍ରଫେସର ଗଗନେନ୍ଦ୍ର ଦାଶଙ୍କ ବିୟୋଗରେ ଶୋକସଭା

ଧର୍ମଶାଳା (ପିଏନ୍): ପ୍ରଖ୍ୟାତ ଭାଷାତତ୍ତ୍ୱବିତ ଓ ସମାଲୋଚକ ପ୍ରଫେସର ଗଗନେନ୍ଦ୍ର ନାଥଦାଶଙ୍କ ବିୟୋଗରେ ଏକ ଶୋକସଭା ଗୋକର୍ଣ୍ଣିକା ସାହିତ୍ୟ ସମାଜ ଅନୁକୁଲ୍ୟରେ ଜାରକାସ୍ଥିତ କାର୍ଯ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଅନୁଷ୍ଠାନର ସଭାପତି ରମାକାନ୍ତ ଜେନା ଏଥିରେ ସଭାପତିତ୍ୱ କରିଥିଲେ। କିଶ ବିଶ୍ୱ ବିଦ୍ୟାଳୟର ପ୍ରଫେସର ଡ. ବିଜୟ କୁମାର ଶତପଥୀ, ଭଦ୍ରକ କଲେଜ ଇଂରାଜୀ ବିଭାଗ ମୁଖ୍ୟ ଅଧ୍ୟାପକ ସନ୍ତୋଷ କୁମାର ସେଠୀ, ମଧୁପୁର କଲେଜ ଅଧ୍ୟାପକ ଡ. ତୁହିନାଂଶୁ ରଥ ଓ ପ୍ରାକ୍ତନ ସାଧାରଣ ସମ୍ପାଦକ ବଟକୃଷ୍ଣ ପରିଡ଼ା ଯୋଗଦେଇ ପ୍ରଫେସର ଦାଶଙ୍କ ବିୟୋଗରେ ଓଡିଆ ସମାଲୋଚନା ସାହିତ୍ୟର ଅପୂରଣୀୟ କ୍ଷତି ଘଟିଲା ବୋଲି ମତପ୍ରକାଶ କରି ଶ୍ରଦ୍ଧାଂଜଳି ଅର୍ପଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ବ୍ରହ୍ମବରଦା କଲେଜ ଅଧ୍ୟକ୍ଷ ମହେଶ୍ୱର ପାଢୀ, ମହିଳା କଲେଜ ଅଧ୍ୟକ୍ଷା ଡ. ଇନ୍ଦୁପ୍ରଭା ସାମଲ, ପଣ୍ଡିତ ବ୍ରଜକିଶୋର ଦାସ, ଆଇନଜୀବୀ ସନ୍ତୋଷ କୁମାର ତରାଇ, ନାରାୟଣ ନନ୍ଦ ପ୍ରମୁଖ ଯୋଗଦେଇ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ।

# ଜଗନ୍ନାଥ ସଂସ୍କୃତି ଶୀର୍ଷକ ଆଲୋଚନା ଓ କୈବଲ୍ୟ ଜ୍ୟୋତି ସମ୍ମାନ ପ୍ରଦାନ



କଟକ (ପିଏନ୍): କୈବଲ୍ୟ ସାହିତ୍ୟ ସଂସଦ ତରଫରୁ ଜଗତ କଲ୍ୟାଣ ମହାଯଜ୍ଞ, କୈବଲ୍ୟ ଜ୍ୟୋତି ସମ୍ମାନ ଏବଂ ଜଗନ୍ନାଥ ସଂସ୍କୃତି ଶୀର୍ଷକ ଆଲୋଚନା ଚକ୍ର ଧବଳେଶ୍ୱର ସାରସ୍ୱତ ଆଶ୍ରମ, ଡଙ୍ଗା ଘାଟ ବିଡ଼ାନାସୀଠାରେ ଅନୁଷ୍ଠିତ ହୋଇଯାଇଛି। ଉକ୍ତ ଅବସରରେ ଧବଳେଶ୍ୱର ସାରସ୍ୱତ ଆଶ୍ରମର ସଭାପତି ମାନସ ଚୈତନ୍ୟ ସ୍ୱାଗତ ଭାଷଣ ପ୍ରଦାନ କରି ଜଗତ କଲ୍ୟାଣ ଯଜ୍ଞର ଆଭିମୁଖ୍ୟ ବର୍ଣ୍ଣନା କରିଥିଲେ। ମୁଖ୍ୟ ଅତିଥି ଭାବେ ସ୍ୱାମୀ ମାଧବ ଚୈତନ୍ୟ ମହାରାଜ ମାନବ କଲ୍ୟାଣ ସମସ୍ତଙ୍କର ଦାୟିତ୍ୱ ବୋଲି ଅତି ସରଳ ଭାବରେ ବ୍ୟାଖ୍ୟା କରିଥିଲେ। ମୁଖ୍ୟ ବକ୍ତାଭାବେ ଡକ୍ଟର ହରିହର କାନୁନଗୋ ମାନବିକ ମୂଲ୍ୟବୋଧ ଜଗନ୍ନାଥ ସଂସ୍କୃତିର ମୂଳ ମନ୍ତ୍ର ବୋଲି ଅଭିହିତ କରିଥିଲେ। ଜଗନ୍ନାଥ ପ୍ରଚାରକ ଲିଙ୍ଗରାଜ ପତି ଜଗନ୍ନାଥ ସଂସ୍କୃତି ମାନବ କଲ୍ୟାଣ ପାଇଁ ଉଦ୍ଦିଷ୍ଟ ବୋଲି ମତବ୍ୟକ୍ତ କରିଥିଲେ। ବୈଦ୍ୟନାଥ ପଣ୍ଡା ଜଗନ୍ନାଥ ବ୍ରହ୍ମାଣ୍ଡର ଜୀବନ୍ତ ଠାକୁର ବୋଲି ତାତ୍ତ୍ୱିକ ଭାବରେ ବର୍ଣ୍ଣନା କରିଥିଲେ। ପୃଷ୍ଠଭୂମିର ସମ୍ପାଦକ କୈଳାସ ଚନ୍ଦ୍ର ଜେନା ଜଗନ୍ନାଥ ଭାବର ଠାକୁର ବୋଲି ମତବ୍ୟକ୍ତ ରଖିଥିଲେ। ସ୍ୱାମୀ ଅଭେଦାନନ୍ଦ ସରସ୍ୱତୀ, ପଣ୍ଡିତ ନୀଳକଣ୍ଠ ରାଉତ, ଗୀତା ଚଇନି, ବିଶ୍ୱଜିତ ସୂର୍ଯ୍ୟବଂଶୀ ସଭାପତି ମହାତ୍ମା ବିଚାର ମଂଚ, କବି ତୋଫାନ ଜେନା, ଅଜୟ କୁମାର ପଣ୍ଡା, ଜଗନ୍ନାଥ ପ୍ରଚାରକ ଶୁଭେନ୍ଦ୍ର ସ୍ୱାଇଁ ବିଶିଷ୍ଟ ସମ୍ମାନିତ ଅତିଥି ଭାବେ ଜଗନ୍ନାଥ ସଂସ୍କୃତି ସମ୍ପର୍କରେ ବକ୍ତବ୍ୟ ପ୍ରଦାନ କରିଥିଲେ। ଉକ୍ତ ଅବସରରେ ଡକ୍ଟର ହରିହର କାନୁନଗୋ (ଜଗନ୍ନାଥ ଗବେଷକ), ପଣ୍ଡିତ ଦିବାକର ମିଶ୍ର (ଜଗନ୍ନାଥ ପ୍ରଚାରକ), ଡକ୍ଟର ଲକ୍ଷ୍ମଣ ସାହୁ (ସାହିତ୍ୟିକ), ଡକ୍ଟର ସୁନାମଣି ରାଉତ (ଶିଶୁ ସାହିତ୍ୟିକ), ପଣ୍ଡିତ ପ୍ରଦୀପ୍ତ ମହାପାତ୍ର (ଜଗନ୍ନାଥ ପ୍ରଚାରକ), ଶ୍ରୀ ଶ୍ରୀ ମାନସ ଚୈତନ୍ୟ ମହାରାଜ (ଜଗନ୍ନାଥ ପ୍ରଚାରକ), ହରିଦ୍ୱାର ଆଶ୍ରମର ଗୀତାଞ୍ଜଳି ମହାପାତ୍ର (ଜଗନ୍ନାଥ ଓ ସନାତନଧର୍ମ ପ୍ରଚାରକ) ଏବଂ ସମାଜ ସେବୀ ଅଭିମନ୍ୟୁ ଦାସଙ୍କୁ କୈବଲ୍ୟ ଜ୍ୟୋତି ସମ୍ମାନ-୨୦୨୨ ସାହିତ୍ୟ, ସମାଜ ସେବା ଏବଂ ଜଗନ୍ନାଥ ସଂସ୍କୃତି ଗବେଷକ ଏବଂ ପ୍ରଚାରକ ପାଇଁ ପ୍ରଦାନ କରାଯାଇଥିଲା। ଏହି ଜଗତ କଲ୍ୟାଣ ମହାଯଜ୍ଞ କାର୍ଯ୍ୟକ୍ରମରେ ସାହି ବସ୍ତିର ବୁଦ୍ଧିଜୀବୀ, ଅଧିବାସୀ, ସାଧୁ ସନ୍ଥ ବହୁ ମାତ୍ରାରେ ଯୋଗଦାନ କରିଥିଲେ। ଏହି କାର୍ଯ୍ୟକ୍ରମରେ ସାଗର କୁମାର ସାମନ୍ତରାୟ, ଚିତ୍ତ ରଞ୍ଜନ ମହାନ୍ତି, ସୁକୁମାର ସାମଲ, ନମିତା ମହାନ୍ତି, ସଞ୍ଜୟ କୁମାର ମହାରଣା ଅନୁଷ୍ଠାନ ତରଫରୁ ଉପସ୍ଥିତ ରହି କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ। ଉକ୍ତ ଅବସରରେ ଡଃ ନୃସିଂହନନ୍ଦ ମହାପାତ୍ରଙ୍କ ରଚିତ ଆଧ୍ୟାତ୍ମିକ ପୁସ୍ତକ ଦିଗବିଜୟୀ ଆଚାର୍ଯ୍ୟ ଶଙ୍କରଙ୍କ ଯାତ୍ରା ଶୁଭ ଉନ୍ମୋଚିତ ହୋଇଥିଲା। ଅନୁଷ୍ଠାନର ପ୍ରତିଷ୍ଠାତା ସମ୍ପାଦକ ଯୁବ ଆଧ୍ୟାତ୍ମିକ ସମାଜ ସେବକ ଓ ସ୍ତମ୍ଭକାର ଡ.ସଂଗ୍ରାମ କେଶରୀ ସାମନ୍ତରାୟ ସଂପାଦକୀୟ ବିବରଣୀ ପାଠ ପୂର୍ବକ ପାଠ ଧନ୍ୟବାଦ ଅର୍ପଣ କରି ବର୍ତ୍ତମାନର ଯୁବପିଢ଼ି ଆଧ୍ୟାତ୍ମିକ ସମାଜ ସେବାକୁ ଗୁରୁତ୍ୱ ଦେବାକୁ ସମବେତ ଆହ୍ୱାନ ପ୍ରଦାନ କରିଥିଲେ।

# ଦୁର୍ଗା ଦେବୀ ଥିଲେ ନାରୀ ଜାତିର ଆଦର୍ଶ ଓ ସମାଜସେବାର ମୂର୍ତ୍ତିମନ୍ତ ପ୍ରତୀକ



ଭୁବନେଶ୍ୱର (ପିଏନ୍): ବାଙ୍କୀ ପଥୁରୀପଡ଼ାର ପରଲୋକଗତ ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ଗୋବିନ୍ଦ ଚନ୍ଦ୍ର ମିଶ୍ରଙ୍କ ଧର୍ମପତ୍ନୀ ତଥା କଟକ ଜିଲ୍ଲା ପୂଜ୍ୟ ପୂଜା ସଂସ୍କୃତି ସୁରକ୍ଷା ଅଭିଯାନର ସଭାପତି କବି ଓ ପ୍ରତିଭାଦୀପ୍ତ ସୁନୀଲ ମିଶ୍ରଙ୍କ ମାତା ଦୁର୍ଗା ଦେବୀଙ୍କ ଦଶାହ ଉପଲକ୍ଷେ ଏକ ରାଜ୍ୟସ୍ତରୀୟ ଶ୍ରଦ୍ଧାଞ୍ଜଳି ସଭା ତାଙ୍କ ନିଜସ୍ୱ ଗ୍ରାମରେ ଅନୁଷ୍ଠିତ ହେଇଯାଇଛି। ଓଡ଼ିଶା ପୂଜ୍ୟ ପୂଜା ସଂସ୍କୃତି ସୁରକ୍ଷା ଅଭିଯାନ ଦ୍ୱାରା ଆୟୋଜିତ ଉକ୍ତ ସ୍ମୃତିଚାରଣ ସଭାରେ ଓଡ଼ିଶାର ବାଲେଶ୍ୱର, ଯାଜପୁର ରୋଡ଼, କଟକ, ବ୍ରହ୍ମପୁର, ବ୍ରହ୍ମଗିରି, ଖୋର୍ଦ୍ଧା, ପୁରୀ, ବାଙ୍କୀ, ପୁରୀ, ବରଗଡ଼, ସମ୍ବଲପୁର ଆଦି ବିଭିନ୍ନ ଅଞ୍ଚଳରୁ ବହୁ ବିଶିଷ୍ଟ ବ୍ୟକ୍ତିମାନେ ଉପସ୍ଥିତ ରହି ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ। ଓଡ଼ିଶା ପୂଜ୍ୟ ପୂଜା ସଂସ୍କୃତି ସୁରକ୍ଷା ଅଭିଯାନ ଦ୍ୱାରା ଆୟୋଜିତ ଉକ୍ତ ସଭାରେ ପ୍ରଥମେ ପୁଣ୍ୟଆତ୍ମାଙ୍କ ଫଟୋରେ ପୁଷ୍ପମାଲ୍ୟ ଅର୍ପଣ ପୂର୍ବକ ଦୀପ ଧୂପ ଦାନ, ନୀରବ ପ୍ରାର୍ଥନା, ଓଡ଼ିଶାର ବିଶିଷ୍ଟ ପ୍ରବଚକ ପଣ୍ଡିତ ମୃତ୍ୟୁଞ୍ଜୟ ଶତପଥୀଙ୍କ ଦ୍ୱାରା ବେଦ ପାଠ କରାଯାଇ ସ୍ମରଣିକା (ପୂଜନୀୟା ଦୁର୍ଗାଦେବୀ)କୁ ଅନୁଷ୍ଠାନର ରାଜ୍ୟ ଅଧ୍ୟକ୍ଷ ବରିଷ୍ଠ ସାମ୍ବାଦିକ ବାଗ୍ମୀ ପ୍ରଦ୍ୟୁମ୍ନ ଶତପଥୀ ବରେଣ୍ୟ ଅତିଥି ଭାବେ, ବାଙ୍କୀର ପ୍ରାକ୍ତନ ବିଧାୟକ ପ୍ରଭାତ କୁମାର ତ୍ରିପାଠୀ ମୁଖ୍ୟ ଅତିଥି ଓ ଉତ୍କଳ ନ୍ୟାସୀ ମଣ୍ଡଳର ସଭାପତି ସୀତାବଲ୍ଲଭ ମହାପାତ୍ର ସମ୍ମାନିତ ଅତିଥି ଭାବେ ଉନ୍ମୋଚନ କରିବା ସହିତ ଦୁର୍ଗା ଦେବୀ ସମସ୍ତ ମାତୃଶକ୍ତି, ସମାଜସେବାର ମୂର୍ତ୍ତିମନ୍ତ ପ୍ରତୀକ ଥିଲେ ବୋଲି ମତବ୍ୟକ୍ତ କରିଥିଲେ। ଏହା ସହିତ ପୂଜ୍ୟପୂଜା ହେଉଛି ପାତାଳଭେଦୀ ସଂସ୍କୃତି ବୋଲି ଅନ୍ୟ ଅତିଥି ସମୂହ ସ୍ମୃତିଚାରଣ ଅବସରରେ ମତବ୍ୟକ୍ତ କରିଥିଲେ। ଅନ୍ୟ ଅତିଥିମାନଙ୍କ ମଧ୍ୟରେ ଆଇନଜୀବୀ ଦିଗମ୍ବର ବେହେରା, ଆଲୋକ କୁମାର ପ୍ରଧାନ, କୃଷ୍ଣଚନ୍ଦ୍ର ତ୍ରିପାଠୀ, ସୁରେଶ୍ୱର ବେହେରା, ବ୍ରଜବନ୍ଧୁ ଦାସ, କାମଦେବ ମହାପାତ୍ର, ପୂର୍ବତନ ବ୍ଲକ୍ ଅଧ୍ୟକ୍ଷ କାହ୍ନୁ ସିଂହ, ସରପଞ୍ଚ ସୁରଞ୍ଜନ ପଣ୍ଡା, ପ୍ରଦ୍ୟୁମ୍ନ ସୁବୁଦ୍ଧି, ଅଶୋକ କୁମାର ମିଶ୍ର, ଧନେଶ୍ୱର ବଳିଆରସିଂହ, ପ୍ରାଧ୍ୟାପକ ମନୋଜ ମହାପାତ୍ର, ଗୋବିନ୍ଦ ତ୍ରିପାଠୀ, ଗୀତିକାର ଯୁଧିଷ୍ଠିର ଖୁଣ୍ଟିଆ, ସଦାଶିବ ଦାସ ପ୍ରମୁଖ ସ୍ମୃତିଚାରଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଗଦାଧର ତ୍ରିପାଠୀ, କବି କୌଶିକ ନାୟକ, ଅଂଶୁପା ମହାବିଦ୍ୟାଳୟ ଅଧ୍ୟକ୍ଷ ପ୍ରଦୀପ ବେଉରା, ବାଙ୍କୀ କେନ୍ଦ୍ର ସମବାୟ ବ୍ୟାଙ୍କ ସଭାପତି ସୁବାସ ଚନ୍ଦ୍ର ପାଢ଼ୀ, ବାଙ୍କୀ ଏନ୍.ଏ.ସି. ଉପାଧ୍ୟକ୍ଷ ସନ୍ତୋଷ ରଣା, କାଉନ୍‌ସିଲର ସନାତନ ବେହେରା, ବିଜୁ ଜନତା ଦଳ ସଭାପତି ଅନନ୍ତ ଦାସ, ଆଇନଜୀବୀ ଜିତେନ କୁମାର ରଥ, ରଣଜିତ୍ ତ୍ରିପାଠୀ, ଜିଲ୍ଲା ପରିଷଦ ସଭ୍ୟ ଆଶିଷ ସାହୁ ଓ ସଞ୍ଜୟ ପାତ୍ର, ସାମ୍ବାଦିକ ଦେବାଶିଷ ରାଉତ, ଅରବିନ୍ଦ ହରିଚନ୍ଦନ, ଯୁଧିଷ୍ଠିର କୁଣ୍ଡୁ, ବିଜୁ ସାମଲ, ଆଶିଷ ମହାପାତ୍ର, ପ୍ରତାପ ନାୟକ, ରଞ୍ଜିତ ସେଠ୍ ତଥା ଗ୍ରାମବାସୀ ସାହିତ୍ୟିକ, ପୂଜ୍ୟପୂଜା ସଂସ୍କୃତି ସୁରକ୍ଷା ସଂଗଠନର ସଦସ୍ୟମାନେ ଉପସ୍ଥିତ ଥିଲେ। ସୀତାବଲ୍ଲଭ ମହାପାତ୍ର ତାଙ୍କ ଭାଷଣରେ କହିଥିଲେ ଏହି ଦିବଙ୍ଗତ ମହିଳାଙ୍କୁ ଯଶସ୍ୱୀ ମାତା, ଯଶସ୍ୱୀ ପତ୍ନୀ ରୂପେ ବର୍ଣ୍ଣନା କରିଥିଲେ। ପ୍ରକାଶ ଥାଉକି, ଏହି ମହୀୟସୀ ମହିଳାଙ୍କ ଗତ ନଭେମ୍ବର ୧୯ ତାରିଖରେ ୮୨ ବର୍ଷ ବୟସରେ ପରଲୋକ ହୋଇଯାଇଛି। ସଂଗଠନର ସଂଯୋଜକ ବାପୁ ଓଝା ଧନ୍ୟବାଦ ପ୍ରଦାନ କରିଥିଲେ ବୋଲି ମୁଖପାତ୍ର ଅରବିନ୍ଦ ତ୍ରିପାଠୀ ଜଣାଇଛନ୍ତି।

# ବଳଦେବ ପାଞ୍ଜି ପ୍ରକାଶନ ପାଇଁ ପ୍ରସ୍ତୁତି ବୈଠକ

କେନ୍ଦ୍ରାପଡ଼ା (ପିଏନ୍): ତୁଳସୀକ୍ଷେତ୍ର କେନ୍ଦ୍ରାପଡାର ଆରାଧ୍ୟ ପ୍ରଭୁ ଶ୍ରୀବଳଦେବଜୀୟୁଙ୍କ ଯାତ୍ରୀ ନିବାସରେ ବଳଦେବଜୀୟୁ ପାଞ୍ଜି ପ୍ରକାଶନ କମିଟିର ଏକ ପ୍ରସ୍ତୁତି ବୈଠକ ଇଣ୍ଟରନେସନାଲ ଏକାଡେମୀ ଅଫ୍ ଇଣ୍ଡିଆନ୍ ଷ୍ଟଡିଜ୍, ଓଡିଶାର ଅଧ୍ୟକ୍ଷ ବରିଷ୍ଠ ସାମ୍ବାଦିକ ଶ୍ରୀରାମ ଦାଶଙ୍କ ଆବାହକତ୍ୱରେ ଏବଂ ପଣ୍ଡିତ ସର୍ବେଶ୍ୱର ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଶ୍ରୀଜୀୟୁଙ୍କ ପାଞ୍ଜି ପ୍ରକାଶନ ପାଇଁ ବୈଠକରେ ପୁଙ୍ଖାନୁପୁଙ୍ଖ ଭାବେ ଆଲୋଚନା କରାଯାଇଥିଲା। ଶ୍ରୀଜୀୟୁଙ୍କ ଦେବୋତ୍ତର ନ୍ୟାସର ନିର୍ବାହୀ ଅଧିକାରୀ ବଳଭଦ୍ର ପତ୍ରୀ, ବଡପଣ୍ଡା ମାଧବ ପତ୍ରୀ, ରାଜ୍ୟସଭା ଯୁଗ୍ମ ସଚିବ ଚୌଧୁରୀ ରମାକାନ୍ତ ଦାସ, ଗବେଷକ ନିରଞ୍ଜନ ମେକାପ, ପ୍ରାବନ୍ଧିକ ଡଃ. ସର୍ବେସ୍ୱର ସେଣ, ପଣ୍ଡିତ ଭ୍ରମରବର ନନ୍ଦ, ଶ୍ରମିକ ନେତା ବସନ୍ତ କୁମାର ଦାଶ, ଭରତ ଚରଣ ଦାସ, ପୀତାମ୍ବର ମହାନ୍ତି, ହେମନ୍ତ ଜେନା ପ୍ରମୁଖ ଏହି ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ଚଳିତ ଓଡିଆ ନବବର୍ଷରୁ ଶ୍ରୀବଳଦେବଜୀୟୁଙ୍କ ପାଞ୍ଜି ପ୍ରକାଶନ କରାଯିବାକୁ ନିଷ୍ପତ୍ତି ଗ୍ରହଣ କରାଯାଇଥିଲା। ଏଥିପାଇଁ ଶ୍ରୀଜୀୟୁଙ୍କ ବଡପଣ୍ଡା ମାଧବ ପତ୍ରୀଙ୍କ ଅଧ୍ୟକ୍ଷତାରେ ସେବକ କମିଟି, ପଣ୍ଡିତ ଭ୍ରମରବର ନନ୍ଦଙ୍କ ଅଧ୍ୟକ୍ଷତାରେ ବୈଷୟିକ ଜ୍ୟୋତିର୍ବିଦ କମିଟି ଏବଂ ଡକ୍ଟର ସର୍ବେଶ୍ୱର ସେଣଙ୍କ ଅଧ୍ୟକ୍ଷତାରେ ଗଠିତ ପ୍ରସାର କମିଟିରେ ଗବେଷକ ନିରଞ୍ଜନ ମେକାପ ଏବଂ ରାଜଶ୍ରୀର ସମ୍ପାଦକ ହେମନ୍ତ ଜେନାଙ୍କୁ ସର୍ବସମ୍ମତି କ୍ରମେ ଚୟନ କରାଯାଇ ସେମାନଙ୍କ ଉପରେ ଦାୟୀତ୍ୱ ନ୍ୟସ୍ତ କରାଯାଇଥିଲା। ଶେଷରେ ଶ୍ରୀ ମେକାପ ଧନ୍ୟବାଦ ଅର୍ପଣ କରିଥିଲେ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple, Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Praggyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

ଖେଳ

ସାଧାରଣ ଲୋକଙ୍କ ଖବରକାଗଜ

ପର୍ଯ୍ୟବେକ୍ଷକ 25

PARYABEKHYAK

पर्यवेक्षक

Bhubaneswar Saturday June 17, 2023 ଭୁବନେଶ୍ବର ଶନିବାର, ଜୁନ ୧୭,୨୦୨୩ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com



# ଲାଇଜଲ ଚଟାଣରେ ରହିଥିବା କୀଟାଣୁଙ୍କୁ ୧୦୦% ପର୍ଯ୍ୟନ୍ତ ନଷ୍ଟ କରିପାରେ

ଭୁବନେଶ୍ୱର,(ପି.ଏନ) : ଭାରତର ଅଗ୍ରଣୀ ଡିସ୍‌ଇନ୍‌ଫେକ୍ଟାଂଟ୍ ବ୍ରାଣ୍ଡ ଲାଇଜଲ୍ ଓ ଅଗ୍ରଣୀ ସରକାରୀ ଗବେଷଣା ସଂସ୍ଥା କାଉନ୍ସିଲ୍ ଅଫ୍ ସାଇଂଟିଫିକ୍ ଆଣ୍ଡ ଇଣ୍ଡଷ୍ଟ୍ରିଆଲ ରିସର୍ଚ୍ଚସ୍ (ସିଏସ୍‌ଆଇଆର୍) ଇନ୍‌ଷ୍ଟିଚ୍ୟୁଶନ 'ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ଜେନୋମିକ୍ସ ଆଣ୍ଡ ଇଂଟିଗ୍ରେଟିଭ୍ ବାୟୋଲୋଜି' (ଆଇଜିଆଇବି) ପକ୍ଷରୁ ମିଳିତ ଭାବେ ଭାରତୀୟ ଘରଗୁଡିକରେ ଜୀବାଣୁ ଓ ପାଥୋଜେନ୍‌ଗୁଡିକର ଉପସ୍ଥିତିକୁ ବିଶ୍ଳେଷଣ କରିବା ପାଇଁ ଏକ ଅଧ୍ୟୟନର ପରିଚାଳନା କରାଯାଇଥିଲା। ଏହି ଅଧ୍ୟୟନରୁ ଜଣାଯାଇଛି ଯେ, ଭାରତୀୟ ଘରଗୁଡିକର ଚଟାଣରେ ବିଭିନ୍ନ ପ୍ରକାରର ଜୀବାଣୁ ରହିଛନ୍ତି। ଭିନ୍ନ ଭିନ୍ନ ରୁମ୍‌ର ଚଟାଣରେ ଏସ୍କେରିସିଆ କୋଲି, ମୋରାକ୍ସେଲା ଏସ୍‌ପିପି, ବ୍ରେଭୁଣ୍ଡିମୋନାସ୍ ଏସ୍‌ପିପି, ଆସିନେଟୋବ୍ୟାକ୍ଟର ଏସ୍‌ପିପି ଭଳି ରୋଗ ସୃଷ୍ଟିକାରୀ ଜୀବାଣୁ ରହିଛି। ଏହି ଅଧ୍ୟୟନ ଏହା ମଧ୍ୟ ଉନ୍ମୋଚନ କରିଛି ଯେ, ଆମ ଘରଗୁଡିକର ଚଟାଣରେ ୧୦୦୦ରୁ ଅଧିକ ପ୍ରକାରର ଜୀବାଣୁ ଓ ୨୦୦ ପ୍ରକାରର ଭୂତାଣୁ ରହିଛି। ଚିହ୍ନଟ ହୋଇଥିବା ଜୀବାଣୁଗୁଡିକ ଡାଇରିଆ ଭଳି ରୋଗ ଏବଂ ତ୍ୱଚା ସଂକ୍ରମଣ, ମୂତ୍ରନଳୀ ସଂକ୍ରମଣ, ବ୍ରଣ, ଆଖି ଓ ରକ୍ତବାହିକାରେ ସଂକ୍ରମଣ ଭଳି ସ୍ଥିତି ପାଇଁ ଦାୟୀ ହୋଇଥାନ୍ତି। ଏସମ୍ପର୍କରେ ସିଏସ୍‌ଆଇଆର୍-ଆଇଜିଆଇବିର ମୁଖ୍ୟ ବୈଜ୍ଞାନିକ ଡଃ ରାକେଶ ଶର୍ମା କହିଛନ୍ତି, 'ଲାଇଜଲ୍ ସହ ସହଭାଗିତାରେ ହୋଇଥିବା ଏହି ଅଧ୍ୟୟନ ଭାରତୀୟ ଘରଗୁଡିକର ବିଭିନ୍ନ ଅଂଶରେ ଚଟାଣରେ ମିଳିଥିବା ଜୀବାଣୁଗୁଡିକର ବିବରଣୀକୁ ଆଲୋକିତ କରିଛି। ଏହି ଜୀବାଣୁଗୁଡିକ ନିର୍ଦ୍ଦିଷ୍ଟ ଅସୁସ୍ଥତା ପାଇଁ ଦାୟୀ ଅଟନ୍ତି ତେଣୁ ଏହି ଅଧ୍ୟୟନ ସ୍ୱଚ୍ଛତା ବଜାୟ ରଖିବା ଓ ଜୀବାଣୁମୁକ୍ତ ଘରର ଆବଶ୍ୟକତାକୁ ହାଇଲାଇଟ୍ କରୁଛି।' ସେହିପରି ରେକିଟ୍-ସାଉଥ୍ ଏସିଆର ସ୍ୱଚ୍ଛତା ବିଭାଗର ରିଜିଓନାଲ ମାର୍କେଟିଂ ଡାଇରେକ୍ଟର ସୌରବ ଜୈନ କହିଛନ୍ତି, 'ଭାରତୀୟ ଘରଗୁଡିକରେ ପରିଚାଳିତ ଏହି ଅଧ୍ୟୟନ ସେଠାରେ ବିଦ୍ୟମାନ ଜୀବାଣୁ ସମ୍ବନ୍ଧିତ ବିପଦକୁ ଚିହ୍ନଟ କରି ସୁସ୍ଥ ଘର ନିର୍ମାଣ କରିବା ପାଇଁ ଏକ ପ୍ରୟାସ ଅଟେ। ଆମର ଲକ୍ଷ୍ୟ ହେଉଛି ଭାରତୀୟ ପରିବାରଗୁଡିକୁ ଉତମ ସ୍ୱଚ୍ଛତା ଓ ଡିସ୍‌ଇନ୍‌ଫେକ୍ସନ ଅଭ୍ୟାସକୁ ଆପଣାଇବାର ଲାଭ ସମ୍ପର୍କରେ ସଚେତନ କରିବା' ଭାରତରେ ୨୦%ରୁ କମ୍ ଘରେ ଚଟାଣ ସଫା କରିବା ପାଇଁ ଫ୍ଲୋର୍ କ୍ଲିନର୍‌ର ବ୍ୟବହାର କରାଯାଉଛି। ସଦ୍ୟତମ ସର୍ଭେ ମୁତାବକ, ବହୁଳ ଭାବରେ ବ୍ୟବହାର କରାଯାଉଥିବା ଫିନାଇଲ ସ୍ୱଚ୍ଛତା ପାଇଁ ଅପର୍ଯ୍ୟାପ୍ତ ଅଟେ, ଏଥିରେ ସଫେଇ ପରେ ମଧ୍ୟ ୫୦% ଜୀବାଣୁ ରହିଯାଇଥାଏ। ବୋଲ୍‌କୋନିୟମ କ୍ଲୋରାଇଡ୍ ଭଳି ଡିସ୍‌ଇନ୍‌ଫେକ୍ଟିଂ ଆକ୍ଟିଭ୍ ଥିବା ଲାଇଜଲ୍ ଭଳି ସ୍ୱତନ୍ତ୍ର ଫ୍ଲୋର୍ କ୍ଲିନର୍‌ଗୁଡିକ ହିଁ ଆପଣଙ୍କ ଚଟାଣରୁ ୯୯.୯% ଜୀବାଣୁକୁ ନଷ୍ଟ କରିଥାଏ ଓ ସ୍ୱଚ୍ଛତା ବୃଦ୍ଧି କରିଥାଏ। ଲାଇଜଲ୍‌ର ଏକ କ୍ୟାପ୍, ସାଧାରଣ ଫିନାଇଲର ୩ କ୍ୟାପ୍ ତୁଳନାରେ ୧୦ଗୁଣ ଉତମ ସଫେଇ ଦେଇଥାଏ।

## ପୁସ୍ତକ 'ଜୀବନ ସଉଦା' ରାଜ୍ୟପାଳଙ୍କ ଦ୍ୱାରା ଲୋକାର୍ପିତ

ଭୁବନେଶ୍ୱର, (ପି.ଏନ): ଜଣାଶୁଣା ସମାଜସେବୀ ତଥା ଜନନେତା ମୁରଲୀଧର ରଥଙ୍କ କର୍ମମୟ ଜୀବନ ଉପରେ ଲିଖିତ ପୁସ୍ତକ 'ଜୀବନ ସଉଦା' ରାଜଭବନ ଠାରେ ରାଜ୍ୟପାଳ ପ୍ରଫେସର ଗଣେଶୀ ଲାଲଙ୍କ ଦ୍ୱାରା ଉନ୍ମୋଚିତ ହୋଇଛି । ଜଗତସିଂହପୁର ଜିଲ୍ଲା ନିବାସୀ ୯୦ ବର୍ଷ ବୟସ୍କ ଶ୍ରୀ ରଥ ସାରା ଜୀବନ ଜନସେବାରେ ନିଜକୁ ଉତ୍ସର୍ଗ କରିବା ସଙ୍ଗେ ସଙ୍ଗେ ଅନେକ କଲ୍ୟାଣମୂଳକ କାର୍ଯ୍ୟ କରିଛନ୍ତି । ଲୋକାର୍ପଣ କାର୍ଯ୍ୟକ୍ରମରେ ଶ୍ରୀ ରଥଙ୍କ ସମେତ ପୁସ୍ତକର ଲେଖକ ତଥା ସାହିତ୍ୟିକ ଜ୍ଞାନ ରଞ୍ଜନ ମହାନ୍ତି, ବରିଷ୍ଠ ସାମ୍ବାଦିକ ପ୍ରଦୋଷ ପଟ୍ଟନାୟକ, ଶ୍ରୀ ଜଗନ୍ନାଥ ଗବେଷଣା ପ୍ରତିଷ୍ଠାନର ସଭାପତି ପ୍ରଫେସର ସୁରେନ୍ଦ୍ରନାଥ ଦାସ, ସାହିତ୍ୟିକ ହେମନ୍ତ କୁମାର ରଥ ପ୍ରମୁଖ ଉପସ୍ଥିତ ଥିଲେ। ରାଜ୍ୟପାଳ ପ୍ରଫେସର ଲାଲ ଏଭଳି ସାଧୁ ଉଦ୍ୟମର ପ୍ରଶଂସା କରିଥିଲେ ।

## ତୃତୀୟ ଡିଜିଟାଲ ଇକୋନୋମି ୱାର୍କିଂ ଗ୍ରୁପ୍ ବୈଠକ




ଭୁବନେଶ୍ୱର,(ପି.ଏନ): ପୁନେରେ ତୃତୀୟ ଡିଜିଟାଲ ଇକୋନୋମି ୱାର୍କିଂ ଗ୍ରୁପ୍ ବୈଠକ ଶେଷ ହୋଇଯାଇଛି। ଡିଜିଟାଲ ସିକ୍ୟୁରିଟି, ସାଇବର ସିକ୍ୟୁରିଟି, ସିକ୍ୟୁରିଂ ଡିଜିଟାଲ ପବ୍ଲିକ ଇନଫ୍ରାଷ୍ଟ୍ରକଚର୍ ଏବଂ ଡିଜିଟାଲ ଇକୋନୋମି ଭଳି ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗରେ ଆଲୋଚନା କରାଯାଇଥିଲା। ଏହି ବୈଠକରେ ଡିପିଆଇ ଉପରେ ୧୦ଟି ଅଧିବେଶନ ଆୟୋଜିତ ହୋଇଥିଲା ଯେଉଁଥିରେ ୬୦ଜଣ ବିଶ୍ୱସ୍ତରୀୟ ବିଶେଷଜ୍ଞ ଡିଜିଟାଲ ପବ୍ଲିକ୍ ଭିତିଭୂମି ଉପରେ ସେମାନଙ୍କର ମତାମତ ପ୍ରଦାନ କରିଥିଲେ। ଏହି ବୈଠକରେ ୩୦୦ ବରିଷ୍ଠ ପ୍ରତିନିଧି, ୪୬ଟି ଦେଶର ପ୍ରତିନିଧିତ୍ୱ କରୁଥିବା ୧୫୦ ଜଣ ବିଦେଶୀ ପ୍ରତିନିଧି ଏବଂ ୟୁଏନ୍‌ଡିପି, ୟୁନେସ୍କୋ, ଡବ୍ଲ୍ୟୁଇଏଫ୍, ୱାର୍ଲ୍ଡ ବ୍ୟାଙ୍କ, ଆଇଟିୟୁ, ଏଡିବି, ଓଇସିଡି ଏବଂ ୟୁଏନ୍‌ସିଡିଏଫ୍ ଭଳି ଆନ୍ତର୍ଜାତୀୟ ସଂଗଠନ ଅଂଶଗ୍ରହଣ କରିଥିଲେ। ଉପସ୍ଥାପନା ସମୟରେ କୋୱିନ୍, ଆଧାର ସକ୍ଷମ ପେମେନ୍ଟ ସିଷ୍ଟମ୍ ଏବଂ ସଏଲ୍ ହେଲ୍‌ଥ୍ କାର୍ଡ ଭଳି ଭାରତର ପଦକ୍ଷେପ ଭାରତର ପ୍ରତିନିଧିଙ୍କ ଦ୍ୱାରା ପ୍ରଦର୍ଶିତ କରାଯାଇଥିଲା। ଏହି ବୈଠକର ଚୂଡାନ୍ତ ନିଷ୍ପତି ଅଗଷ୍ଟ ମାସରେ ହେବାକୁଥିବା ଆଗାମୀ ଜି୨୦ ବୈଠକରେ ନିଆଯିବ। ସର୍ବଶେଷରେ ବିଦେଶୀ ପ୍ରତିନିଧିଙ୍କ ନିମନ୍ତେ ସାଂସ୍କୃତିକ କାର୍ଯ୍ୟକ୍ରମର ଆୟୋଜନ କରାଯାଇଥିଲା।

## ଟାଟା ଷ୍ଟିଲ୍ ଫାଉଣ୍ଡେସନ୍ ପକ୍ଷରୁ ଡୁବୁରି ବାସିନ୍ଦାଙ୍କୁ ନୂତନ 'କମ୍ୟୁନିଟି ୱେଲନେସ୍ ପାର୍କ' ଉତ୍ସର୍ଗ



ଦାନଗଦି (ପି.ଏନ): ସମ୍ପ୍ରଦାୟର ବିକାଶ ପ୍ରତି ନିଜର ପ୍ରତିବଦ୍ଧତ କୁ ଦୋହରାଇ ଟାଟା ଷ୍ଟିଲ୍ ଫାଉଣ୍ଡେସନ୍ ଗୁରୁବାର ଦିନ ଯାଜପୁର ଜିଲ୍ଲାର ସୁକିନ୍ଦା ବ୍ଲକ ଅନ୍ତର୍ଗତ ଡୁବୁରି ବାସିନ୍ଦାଙ୍କୁ ଏକ ନୂତନ 'କମ୍ୟୁନିଟି ୱେଲନେସ୍ ପାର୍କ' ଉତ୍ସର୍ଗ କରିଛି । ମାନ୍ୟବର ଗ୍ରାମ୍ୟ ଉନ୍ନୟନ, ଦକ୍ଷତା ବିକାଶ ଏବଂ ବୈଷୟିକ ଶିକ୍ଷା ମନ୍ତ୍ରୀ ଇଞ୍ଜିନିୟର ପ୍ରୀତିରଞ୍ଜନ ଘଡାଇ, ସୁକିନ୍ଦା ବ୍ଲକର ଅଧକ୍ଷ ଦିବ୍ୟରଞ୍ଜନ ବରାଳ, ସୁକିନ୍ଦା ବ୍ଲକର ଉପଧକ୍ଷ୍ୟା ଭଗ୍ୟଲକ୍ଷ୍ମୀ ରାଉତ, ଜୋନ ୩୮ର ଜିଲ୍ଲା ପରିଷଦ ସାଧୁ ଚରଣ ଚିଉ, ଡୁବୁରି ଗ୍ରାମ ପଞ୍ଚାୟତର ସରପଞ୍ଚ ନିରୂପମା ଦାସ, ଡୁବୁରିର ବିଶିଷ୍ଟ ସମାଜସେବୀ ବିଶ୍ୱଜିତ ଦାସ, ଟାଟା ଷ୍ଟିଲ୍ ଫାଉଣ୍ଡେସନ୍ କଳିଙ୍ଗନଗରର ୟୁନିଟ୍ ହେଡ୍ ଆଲେନ୍ ଜୋସେଫ୍ ଏବଂ ସମ୍ପ୍ରଦାୟର ଅନ୍ୟ ସଦସ୍ୟଙ୍କ ଉପସ୍ଥିତିରେ ଏହାର ଉଦ୍‌ଘାଟନ କରିଥିଲେ । ଟାଟା ଷ୍ଟିଲ୍ ଫାଉଣ୍ଡେସନ୍ ଦ୍ୱାରା ନିର୍ମିତ ଏହି ପାର୍କରେ ଅକ୍ୟୁପ୍ରେସର ଚାଲିବା ଟ୍ରାକ୍, ଖୋଲା ଜିମ୍, ଯୋଗ ପାଇଁ ଉତ୍ସର୍ଗୀକୃତ ସ୍ଥାନ ଏବଂ ପରିଦର୍ଶକମାନଙ୍କ ପାଇଁ ବସିବାର ବ୍ୟବସ୍ଥା କରାଯାଇଥିବା ବେଳେ ପାର୍କର ସୁରକ୍ଷା ପାଇଁ ସୀମା ପ୍ରାଚୀର ମଧ୍ୟ ନିର୍ମାଣ କରାଯାଇଛି । ଚାଲିବା ଟ୍ରାକ୍ ପେଭର ବ୍ଲକ୍ ସହିତ ଅକ୍ୟୁପ୍ରେସର ସୁବିଧା ସହ ନିର୍ମିତ ଯାହା ରକ୍ତ ସଞ୍ଚାଳନରେ ଉନ୍ନତି, ଶରୀରର ଯନ୍ତ୍ରଣା ହ୍ରାସ ଓ ରକ୍ତଚାପ ନିୟନ୍ତ୍ରଣ ଇତ୍ୟାଦିରେ ସାହାଯ୍ୟ କରିବ । ଦୁଇଟି ସୋଲାର ଚାଳିତ ହାଇ ମାଷ୍ଟ ଲାଇଟ୍ ଲଗାଯାଇଛି ଯାହା ଏହି ପାର୍କକୁ ରାତିରେ ଆଲୋକିତ କରିବ । ବିକଶିତ ଏହି ପାର୍କରେ ଆକ୍ୟୁପ୍ରେସର ଚାଲିବା ଟ୍ରାକ, ଖୋଲା ଜିମ୍, ଯୋଗ ପାଇଁ ଉତ୍ସର୍ଗୀକୃତ ସ୍ଥାନ ଏବଂ ପରଦଶକମାନଙ୍କ ପାଇଁ ବସିବାର ବ୍ୟବସ୍ଥା ଅନ୍ତର୍ଭୁକ୍ତ । ଜିମ୍ ଉପକରଣ ପରିଦର୍ଶନକାରୀଙ୍କୁ ଶକ୍ତି, ନମନୀୟତା ଏବଂ ହୃଦ୍ ?ରୋଗ ଆଦି ରେ ଗରୁ ଉନ୍ନତି ଆଣିବାରେ ସାହାଯ୍ୟ କରିବ । ଏହି ପାର୍କରେ ପିଲାମାନଙ୍କ ପାଇଁ ମଧ୍ୟ ଉପକରଣ ଅଛି ।

## ବିଦଗ୍ଧା ରୌପ୍ୟ ଜୟନ୍ତୀ ପରିବାର ପକ୍ଷରୁ ଅନ୍ୱେଷଣ ପରିବାରଙ୍କୁ ସମ୍ବର୍ଦ୍ଧିତ

ଯାଜପୁର:(ପି.ଏନ): ଚଳିତ ମାସ ୧୫ ତାରିଖ ବାଲିଆ ବରୀ ଠାରେ ବିଦଗ୍ଧା ରୌପ୍ୟ ଜୟନ୍ତୀ ପରିବାର ପକ୍ଷରୁ ଅନ୍ୱେଷଣ ଥିଏଟର ଗ୍ରୁପ୍ ଯାଜପୁରର ପରିବାରଙ୍କୁ ସମ୍ବର୍ଦ୍ଧିତ କରାଯାଇଛି। ବିଦଗ୍ଧ କବି ଅଭିମନ୍ୟୁ ସାମନ୍ତସିଂହାରଙ୍କ ୨୧୭ତମ ପୁଣ୍ୟ ତିଥି ତଥା କବିଙ୍କ ସ୍ମୃତି ଚାରଣ କରୁଥିବା ବିଦଗ୍ଧା ଅନୁଷ୍ଠାନର ରୌପ୍ୟ ଜୟନ୍ତୀ ଅବସରରେ ଯାଜପୁରର ଅଗ୍ରଣୀ ସାମାଜିକ ଓ ସାଂସ୍କୃତିକ ଅନୁଷ୍ଠାନ ଅନ୍ୱେଷଣ ଥିଏଟର ଗ୍ରୁପ୍‌ଙ୍କୁ ଉପଢ୍ୱୌକନ, ଫଳକ ଓ ଅଭମନ୍ୟୁ ସାମନ୍ତସିଂହାରଙ୍କ ପ୍ରତିମୂର୍ତ୍ତିକୁ ଉଚିତ୍ ମନେକରି କବିଙ୍କ ନୀତି ଆଦର୍ଶକରେ ଅନୁପ୍ରାଣିତ ହୋଇ କାର୍ଯ୍ୟ କରିବା ପାଇଁ ଯେଉଁ ଆହ୍ୱାନ ଦେଇ ଅନ୍ୱେବଷଣକୁ ସମ୍ବର୍ଦ୍ଧିତ କରିଛନ୍ତି। ବିଦଗ୍ଧା ପରିବାରର ସମସ୍ତ କର୍ମକର୍ତ୍ତା ମାନଙ୍କୁ ଅନ୍ୱେଷଣ ପରିବାର ପକ୍ଷରୁ ସଭାପତି ବୃନ୍ଦାବନ ମିଶ୍ର, ଉପସଭାପତି ଉପେନ୍ଦ୍ର କୁମାର ଜେନା, ବରିଷ୍ଠ ସଦସ୍ୟ ତାରାକାନ୍ତ ମଲ୍ଲିକ, ଅଶୋକ ପାଣିଗ୍ରାହୀ, ସଦସ୍ୟା ଦମୟନ୍ତୀ ରାଉତ ଯୋଗଦେଇଥିଲେ।

## ଏଓଏମ ଗ୍ରୁପ ପକ୍ଷରୁ ଗାବନର ପ୍ରଥମ ଏଗ୍ରି ଏସଇଜେଡ ପ୍ରକଳ୍ପ ଆରମ୍ଭ



ଭୁବନେଶ୍ୱର,(ପି.ଏନ): ନିରନ୍ତର ବିକାଶ କ୍ଷେତ୍ରରେ କାମ କରୁଥିବା ବହୁଦେଶୀୟ ସଂସ୍ଥା ଏଓଏମ ଗ୍ରୁପ ପକ୍ଷରୁ ସେଞ୍ଚୁରିଆନ ବିଶ୍ୱବିଦ୍ୟାଳୟ ମିଳିତ ସହଯୋଗରେ ଗାବନର ପ୍ରଥମ ଏଗ୍ରି ଏସଇଜେଡ ପ୍ରକଳ୍ପ ଆରମ୍ଭ ସମ୍ପର୍କରେ ଘୋଷଣା କରାଇଛି। ଏହି ପ୍ରକଳ୍ପ ଗାବନର କୃଷି କ୍ଷେତ୍ର ଏବଂ ଅର୍ଥନୈତିକ ବିସ୍ତୃତିକରଣ ଏବଂ ଜ୍ଞାନର ଆଦାନ ପ୍ରଦାନ କ୍ଷେତ୍ରରେ ଏକ ପ୍ରମୁଖ ଭୂମିକା ଗ୍ରହଣ କରିବ। ଏହି ପଦକ୍ଷେପ ସେଠାକାର କୃଷି କ୍ଷେତ୍ର ଏବଂ ନିରନ୍ତର ଭବିଷ୍ୟତ ଗଠନ ଦିଗରେ ମୂଳଦୁଆ ପକାଇବ। ପ୍ରକଳ୍ପକୁ ସଫଳ ଭାବେ ରୂପାୟନ କରିବା ଦିଗରେ ଏଓଏମ ଗ୍ରୁପ ,ସେଞ୍ଚୁରିଆନ ବିଶ୍ୱବିଦ୍ୟାଳୟ ପ୍ରତିବଦ୍ଧ ରହିଛନ୍ତି। ଗାବନର କୃଷି ପରି ବ୍ୟବସ୍ଥାରେ ବିକାଶ ଦିଗରେ ଏମାନେ ଅନ୍ୟ ଅଂଶୀଦାରଙ୍କ ସହ ମିଳିତ ହୋଇ କାମ କରିବେ।ଏହି ଅବସରରେ ନୂଆଦିଲ୍ଲୀରେ ଅନୁଷ୍ଠିତ ଏକ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ କେନ୍ଦ୍ର ଶିକ୍ଷା, ଦକ୍ଷତା ବିକାଶ ଏବଂ ଉଦ୍ୟମିତା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଯୋଗ ଦେଇ କହିଛନ୍ତି, ଏହି ପ୍ରକଳ୍ପ ଗାବନର ଖାଦ୍ୟ ନିରାପତ୍ତା ଏବଂ ବିକାଶ ଧାରା ରେ ସହଯୋଗ କରିବ। କାର୍ଯ୍ୟକ୍ରମରେ ଗାବନ ସରକାରଙ୍କ ହ୍ୟୁଗୁସ ବାଦୀଙ୍ଗା ମାଡ଼ିଆ, କୃଷି ମନ୍ତ୍ରୀ ଏଲହା ଚାର୍ଲସ ଏବଂ ଉଚ୍ଚ ଶିକ୍ଷା ମନ୍ତ୍ରୀ ମୁଇ ଗୁଇମା ଶିତା ପ୍ୟାଟ୍ରିକ ଟେିଇଫିକ ଉପସ୍ଥିତ ଥିଲେ।ପ୍ରକଳ୍ପ ପାଇଁ ନଲେଜ ପାର୍ଟନର ହୋଇଥିବାରୁ ଅତ୍ୟନ୍ତ ଖୁସି ବୋଲି ସେଞ୍ଚୁରିଆନ ବିଶ୍ୱବିଦ୍ୟାଳୟର ଉପସଭାପତି ତଥା ସହ ପ୍ରତିଷ୍ଠାତା ପ୍ରଫେସର ଡି ଏନ ରାଓ କହିଛନ୍ତି।ଏହି ପ୍ରକଳ୍ପର ମୁଖ୍ୟ ଭାବେ ବିଶ୍ୱବିଦ୍ୟାଳୟର ଅନ୍ତର୍ଜାତିୟ ସମ୍ପର୍କ ଏବଂ ସରକାରୀ ସହଭାଗୀତା ବିଭାଗ ସହକାରୀ ନିର୍ଦ୍ଦେଶକ ମୋନାଲିସା ଘୋଷ କାର୍ଯ୍ୟ କରିବେ। ସେଞ୍ଚୁରିଆନ ବିଶ୍ୱବିଦ୍ୟାଳୟକୁ ଅଂଶୀଦାର ଭାବେ ପାଇ ଆମେ ବହୁତ ଆନନ୍ଦିତ ବୋଲି ଏଓଏମ ଗ୍ରୁପର ଏମଡି ରାଜେଶ ପାରିଖ କହିଛନ୍ତି।

## କେଉଁଝରରେ ଜନସାଧାରଣଙ୍କ ସହ ନିଆରା ଢଙ୍ଗରେ ରଜ ପାଳିଲା ଓଡ଼ିଶା ମିଲେଟ ମିଶନ



କେଉଁଝର ,(ପି.ଏନ): ପବିତ୍ର ରଜ ପର୍ବ ଅବସରରେ ଓଡ଼ିଶା ମିଲେଟ ମିଶନ ଜୁନ ୧୫ ଓ ୧୬ ତାରିଖରେ କେଉଁଝର ଗାନ୍ଧି ଛକ ନିକଟରେ ଅବସ୍ଥିତ ସ୍ମାର୍ଟ ବଜାରରେ ସ୍ଥାନୀୟ ଲୋକଙ୍କ ପାଇଁ ଆୟୋଜନ କରିଛି ଏକ ମନ ମତାଣିଆ କାର୍ଯ୍ୟକ୍ରମ। ଓଡ଼ିଶାରେ ପାଳିତ ହେଉଥିବା ବିଭିନ୍ନ ପର୍ବପର୍ବାଣୀ ମଧ୍ୟରେ ଅତ୍ୟନ୍ତ ଲୋକପ୍ରିୟ ରଜ ତିନିଦିନ ଧରି ଆନନ୍ଦ ଉଲ୍ଲାସ ମଧ୍ୟରେ ପାଳିତ ହୁଏ। ଧରିତ୍ରୀ ମାତା ଏହି ସମୟରେ ପ୍ରଥମ ବର୍ଷାର ଜଳରେ ନିଜ ଶୋଷ ମେଣ୍ଟାଇବାପାଇଁ ପ୍ରସ୍ତୁତ ହେଉଥିବା ବେଳେ ଅବିବାହିତ ଝିଅ ମାନେ ବିବାହ ବନ୍ଧନରେ ବାନ୍ଧିହେବା ପାଇଁ ପ୍ରସ୍ତୁତ ହୁଅନ୍ତି। ରାଜ୍ୟ ସରକାରଙ୍କ ଅତ୍ୟନ୍ତ ମହତ୍ୱପୂର୍ଣ୍ଣ କାର୍ଯ୍ୟକ୍ରମ ଓଡ଼ିଶା ମିଲେଟ ମିଶନ ଜରିଆରେ ବିଭିନ୍ନ ଅଭିନବ ଓ ରୋମାଞ୍ଚକାରୀ ଆଭିମୁଖ୍ୟ ଗ୍ରହଣ କରି ମିଲେଟର ପ୍ରଚାର ପ୍ରସାର କରୁଛନ୍ତି। ଓଡ଼ିଶା ମିଲେଟ ମିଶନ ରାଜ୍ୟରେ ମିଲେଟ ବିଷୟରେ ସଚେତନତା ସୃଷ୍ଟି କରିବା ପାଇଁ ୨୦ଟି ସହରରେ 'ଓଡ଼ିଶାର ମିଲେଟ ବିଷୟରେ ଜାଣ' ନାମକ ଏକ ଚିତ୍ତାକର୍ଷକ କାର୍ଯ୍ୟକ୍ରମ ଆୟୋଜନ କରୁଛି। କେଉଁଝରରେ ଆୟୋଜିତ ଏହି କାର୍ଯ୍ୟକ୍ରମର ଉଦ୍ଦେଶ୍ୟ ହେଉଛି ଜନସାଧାରଣଙ୍କୁ ମଉଜ ମସ୍ତି ମାଧ୍ୟମରେ ସେମାନଙ୍କର ନିତିଦିନିଆ ଖାଦ୍ୟରେ ମିଲେଟର ଗ୍ରହଣୀୟତାକୁ ବୃଦ୍ଧି କରିବା ସହ ଏହାକୁ ଅଭ୍ୟାସରେ ପରିଣତ କରାଇବାର ବାର୍ତ୍ତା ଦେବା। ଟିଭି ଓ ୟୁଟ୍ୟୁବ କମେଡିଆନ ସୁଜିତ କୁମାର ଜେନା, ଗାୟକ ମନଦୀପ ଏଥିରେ ପରିବେଷଣ କରିଥିଲେ। ଶୋ ଆଙ୍କର ପ୍ରାରମ୍ଭରେ ଓଡ଼ିଶା ମିଲେଟ ମିଶନ ଓ କାର୍ଯ୍ୟକ୍ରମ ବିଷୟରେ ସୂଚନା ଦିଅନ୍ତି ଏବଂ ପରେ ସ୍ଥାନୀୟ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ ଦର୍ଶକଙ୍କୁ ଆକର୍ଷିତ କରେ। ପରେ ଆମର ଅସ୍ୱାସ୍ଥ୍ୟକର ଖାଦ୍ୟ ଅଭ୍ୟାସ ବିଷୟରେ ଏକ ହାସ୍ୟରସାତ୍ମକ କ୍ଷୁଦ୍ର ନାଟିକା ଉପସ୍ଥାପିତ ହୁଏ। ଏହି କାର୍ଯ୍ୟକ୍ରମକୁ ଆହୁରି ବେଶୀ ଆକର୍ଷଣୀୟ କରିବାପାଇଁ ବିଭିନ୍ନ ପ୍ରତିଯୋଗୀତାକୁ ସ୍ଥାନିତ କରାଯାଇଛି। ପ୍ରତିଯୋଗୀ ମାନେ ଅତ୍ୟନ୍ତ ଉତ୍ସାହିତ ହୋଇ ଅଂଶ ଗ୍ରହଣ କରିଛନ୍ତିଏବଂ ବିଭିନ୍ନ ଗିଫ୍ଟ ଓ ପୁରସ୍କାର ଜିତିବାର ସୁଯୋଗ ପାଇଛନ୍ତି।ଓଡ଼ିଶା ସରକାରଙ୍କ ଦ୍ୱାରା ଆଞ୍ଚଳିକ ସ୍ତରରେ ଆୟୋଜିତ କାର୍ଯ୍ୟକ୍ରମ ଦର୍ଶକଙ୍କ ଦୃଷ୍ଟି ଆକର୍ଷଣ କରିବା ସହ ଏହା ରାଜ୍ୟର ଅର୍ଥନୈତିକ ସୂଚକାଙ୍କ ଉପରେ ଯଥେଷ୍ଟ ଅଧିକ ପ୍ରଭାବ ପକାଇବ।




Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751010 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray